୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.252 Bhubaneswar Tuesday November 18 2024 | ୨୬ତମ ବର୍ଷ ସଂଖ୍ୟା–୨୫୨ ଭୁବନେଶ୍ୱର, ମଙ୍ଗଳବାର, ନଭେମ୍ବର ୧୯, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS


## ଦୁଇ ଘଣ୍ଟା ବନ୍ଦ ହୋଇଥିଲା ହାର୍ଟ ବିଟ୍; ତଥାପି ପୁନର୍ଜନ୍ମ ପାଇଲେ ଯବାନ



ଭୁବନେଶ୍ୱର,୧୮।୧୧(ପି.ଏନ): ପ୍ରାୟ ଦୁଇଘଣ୍ଟା ଯାଏଁ ବନ୍ଦ ହୋଇଯାଇଥିଲା ହାର୍ଟ ବିଟ୍। ହୃତପିଣ୍ଡ ଜମାରୁ କାମ କରୁ ନଥିଲା। ଘର ଲୋକ ମଧ୍ୟ ଆଶା ଛାଡ଼ି ଦେଇଥିଲେ। ହେଲେ ଚିକିତ୍ସା ବିଜ୍ଞାନର ଚମତ୍କାରିତାରୁ ଜଣେ ୨୪ ବର୍ଷୀୟ ରୋଗୀ ପାଇଲେ ନୂଆ ଜୀବନ। ଆଉ ଏଭଳି ଚମତ୍କାର କରିଛନ୍ତି ଭୁବନେଶ୍ୱର ଏମ୍ସର ଡାକ୍ତର। ପୁନର୍ଜନ୍ମ ପାଇଲେ ଭାରତୀୟ ସେନାର ଯବାନ ଶୁଭକାନ୍ତ ସାହୁ।ନୟାଗଡ଼ ଜିଲ୍ଲା ଓଡପଲା ଗାଁର ୨୪ ବର୍ଷୀୟ ଶୁଭକାନ୍ତ ସାହୁ। ସେ ଜଣେ ଯବାନ। ଘରକୁ ଆସିଥିବା ବେଳେ ସେପ୍ଟେମ୍ବର ୩୦ ତାରିଖ ରାତିରେ ହଠାତ ଦୁର୍ବଳ ଅନୁଭବ କରିଥିଲେ ଶୁଭକାନ୍ତ। ଘର ଲୋକ ପ୍ରଥମେ ତାଙ୍କୁ ସ୍ଥାନୀୟ ରଣପୁର ମେଡିକାଲକୁ ନେଇ ଯାଇଥିଲେ। ହେଲେ ହାର୍ଟ ବିଟ୍ କମୁଥିବାର ଦେଖି ସେଠାକାର ଡାକ୍ତର ତାଙ୍କୁ ତୁରନ୍ତ ଭୁବନେଶ୍ୱର ଏମ୍ସ ରେଫର୍ କରିଥିଲେ। ଏମ୍ସରେ ପହଞ୍ଚୁ ପହଞ୍ଚୁ କାର୍ଡିଓଜେନିକ ସକ୍ ଯୋଗୁ ଶୁଭକାନ୍ତଙ୍କ ହାର୍ଟ ଫଙ୍କସନ୍ କରିବା ବନ୍ଦ କରି ସାରିଥିଲା। ରକ୍ତଚାପ ମଧ୍ୟ ବହୁତ କମି ଯାଇଥିଲା।

## ଆମ୍ବ ଟାକୁଆ ଖାଇବା ଘଟଣାରେ ଆଉ ଜଣଙ୍କର ମୃତ୍ୟୁ



ଭୁବନେଶ୍ୱର,୧୮।୧୧(ପିଏନ):କନ୍ଧମାଳ ଜିଲ୍ଲା ମାଣ୍ଡିପଙ୍କା ଆମ୍ବ ଟାକୁଆ ଟ୍ରାଜେଡିରେ ପୁଣି ଜଣଙ୍କ ଜୀବନ ଗଲା। କଟକ ବଡ଼ ଡାକ୍ତରଖାନାରେ ଚିକିତ୍ସାଧୀନ ଅବସ୍ଥାରେ ଆଉ ଜଣେ ମହିଳାଙ୍କର ଆଜି ମୃତ୍ୟୁ ହୋଇଛି। ମୃତ ମହିଳାଙ୍କ ନାଁ ଜିତା ମାଝୀ। ଏହା ସହିତ ଆମ୍ବ ଟାକୁଆ ଟ୍ରାଜେଡିରେ ମୃତ୍ୟୁ ସଂଖ୍ୟା ୩କୁ ବୃଦ୍ଧି ପାଇଛି। ଗତ ୨ ତାରିଖରେ ଗୁରୁତର ଅବସ୍ଥାରେ ଜିତାଙ୍କୁ ଝଉଇ ମେଡିକାଲ କଲେଜ ଓ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ତାଙ୍କୁ ମେଡିସିନ ବିଭାଗର ଆଇସିୟୁରେ ରଖାଯାଇଥିଲା। ସେଠାରେ ଭେଣ୍ଟିଲେଟର ସହାୟତାରେ ତାଙ୍କର ହେମୋ ଡାୟଲିସିସ କରାଯାଉଥିଲା। ହେଲେ ଡାକ୍ତର ମାନଙ୍କର ଶତ ଚେଷ୍ଟା ସତ୍ତ୍ୱେ ଆଜି ଅପରାହ୍ନ ୨ଟା ୩୫ ମିନିଟରେ ତାଙ୍କର ମୃତ୍ୟୁ ହୋଇଥିବା ମେଡିକାଲ ପକ୍ଷରୁ ସୂଚନା ଦିଆଯାଇଛି।

## ଡାକ୍ତରଙ୍କ ନାଁରେ ଲାଗିଲା କଳଙ୍କ, ରୋଗୀଙ୍କ ଠାରୁ ୬ ହଜାର ଟଙ୍କା ଲାଞ୍ଚ ନେବା ବେଳେ ଧରିଲା ଭିଜିଲାନ୍ସ

କଳାହାଣ୍ଡି,୧୮।୧୧(ପି.ଏନ):ଡାକ୍ତରଙ୍କୁ ଭଗବାନଙ୍କ ଦ୍ୱିତୀୟ ରୂପ ବୋଲି କୁହାଯାଏ । ରୋଗୀ ସେବା ହିଁ ଡାକ୍ତରଙ୍କ ପ୍ରଥମ ଧର୍ମ । କିନ୍ତୁ ଏହି ସେବା ଧର୍ମରେ ଅବହେଳା କରିଛନ୍ତି ଜଣେ ଲାଞ୍ଚୁଆ ଡାକ୍ତର । ନିକଟରେ କଳାହାଣ୍ଡିରୁ ଏପରି ଏକ ମାମଲା ସାମ୍ନାକୁ ଆସିଛି ଯେଉଁଠି ଜଣେ ଡାକ୍ତର ତାଙ୍କ ପାଖରେ ଚିକିତ୍ସା ପାଇଁ ଆସିଥିବା ଗର୍ଭବତୀଙ୍କ ଠାରୁ ଲାଞ୍ଚ ନେବା ସମୟରେ ଧରାପଡିଥିଲେ । ସେ ହେଉଛନ୍ତି କଳାହାଣ୍ଡି ମେଡିକାଲ କଲେଜର ଡାକ୍ତର ଅଶୋକ ଦାସ, ଛଅ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ହାତରେ ଧରାପଡିଥିଲେ । ତେବେ ଡାକ୍ତରଙ୍କ କ୍ୱାର୍ଟର୍ସ ସହ ତାଙ୍କ ଚାମ୍ବରରେ ଭିଜିଲାନ୍ସ ଟିମ୍ ଚଢ଼ଉାଉ କରିଥିବା ଜଣାପଡିଛି ।ସୂଚନାରୁ ପ୍ରକାଶ ଭବାନୀପାଟଣାର ରେନ୍‌ଦୋ ମାଝୀ ନାମକ ଜଣେ ଗର୍ଭବତୀ ମହିଳା ଡାକ୍ତର ଅଶୋକ ଦାସଙ୍କ ପାଖକୁ ଚିକିତ୍ସା ପାଇଁ ଆସିଥିଲେ । ଚେକଅପ୍ ପରେ ଡେଲିଭେରୀ ସମୟ ପାଖେଇ ଆସୁଥିବା କଥା କହିଥିଲେ ଡାକ୍ତର । ପରେ ଗର୍ଭବତୀ ଜଣଙ୍କ ଏକ ସରକାରୀ ଡାକ୍ତରଖାନାରେ ଡେଲିଭେରୀ କରିବାକୁ ଚାହିଁଥିଲେ । କିନ୍ତୁ ଏଥିପାଇଁ ଉକ୍ତ ଡାକ୍ତର ଜଣଙ୍କ ତାଙ୍କ ଠାରୁ ୬ ହଜାର ଟଙ୍କା ଲାଞ୍ଚ ମାଗିଥିଲେ । ଏନେଇ ଗର୍ଭବତୀ ଜଣଙ୍କ ଭିଜିଲାନ୍ସ ନିକଟରେ ଅଭିଯୋଗ କରିଥିଲେ । ତେବେ ଡାକ୍ତରଙ୍କ ନୟାଗଡ ସ୍ଥିତି ପୈତୃକ ବାସଭବନରେ ଭିଜିଲାନ୍ସ ଚଢ଼ାଉ କରିଥିବା ଜଣାପଡିଛି ।

## ବରିଷ୍ଠ ବିଜେପି ନେତା ସମୀର ଦେ'ଙ୍କ ପରଲୋକ



ଭୁବନେଶ୍ୱର,୧୮।୧୧(ପି.ଏନ): ବରିଷ୍ଠ ବିଜେପି ନେତା ତଥା ପୂର୍ବତନ ମନ୍ତ୍ରୀ ସମୀର ଦେ'ଙ୍କ ପରଲୋକ । ୬୭ ବର୍ଷ ବୟସରେ କଟକର ଏକ ଘରୋଇ ହସ୍ପିଟାଲରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଛନ୍ତି । ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିବା ନେଇ ହସ୍ପିଟାଲରେ ଡାକ୍ତର ସ୍ପଷ୍ଟ କରିଛନ୍ତି । ତାଙ୍କ ଦେହାନ୍ତରେ ଶୋକର ଛାୟା ଖେଳିଯାଇଛି । ସୂଚନା ଅନୁସାରେ, ସେ ଦୀର୍ଘଦିନ ଧରି ଅସୁସ୍ଥ ରହି ଚିକିତ୍ସାଧୀନ ରହିଥିଲେ । ପ୍ରଥମେ କିଡନୀ ସମସ୍ୟା ପାଇଁ ସମୀର ହସ୍ପିଟାଲରେ ଭର୍ତ୍ତି ହୋଇଥିଲେ । ଏହାପରେ ତାଙ୍କର ଫୁସଫୁସରେ ମଧ୍ୟ ସଂକ୍ରମଣ ହୋଇଥିଲା । ଡାକ୍ତରଙ୍କ କହିବା ଅନୁସାରେ, ସେ ରକ୍ତଚାପ ଏବଂ ମଧୁମେହରେ ମଧ୍ୟ ପୀଡିତ ରହିଥିଲେ । ସ୍ୱାସ୍ଥ୍ୟବସ୍ଥା ଗୁରୁତର ହେବା କାରଣରୁ ତାଙ୍କୁ ଭେଣ୍ଟିଲେଟରେ ରଖାଯାଇଥିଲା । ମୁଖ୍ୟମନ୍ତ୍ରୀ ମୋହନ ମାଝୀ କଟକ ହସ୍ପିଟାଲରେ ଆସି ତାଙ୍କୁ ସାକ୍ଷାତ କରିବା ସହିତ ଆଶୁ ଆରୋଗ୍ୟ କାମନା କରିଥିଲେ । କଟକ ରାଜନୀତିରେ ସେ ସତ୍‌ପ୍ରବୃତ୍ତ ଭାବେ ଯୋଡି ହୋଇ ରହିଥିଲେ । କଟକର ସେ ବଡ ଦାୟିତ୍ୱ ନେଇଥିଲେ । ତେବେ ତାଙ୍କ ଦେହାନ୍ତ ଭାରତୀୟ ଜନତା ପାର୍ଟି ପାଇଁ ଏକ ବଡ କ୍ଷତି ବୋଲି କୁହାଯାଇପାରେ । ଉପମୁଖ୍ୟମନ୍ତ୍ରୀ ମଧ୍ୟ ଟ୍ୱିଟ କରି ଶୋକବ୍ୟକ୍ତ କରିଛନ୍ତି ।

## କ୍ଷମତାରେ ଥିବା ବେଳେ ୟୁପିଏ ଭୁଲ କରିଥିବା କଥା ସ୍ୱୀକାର କଲେ ରାହୁଲ ଗାନ୍ଧି



ଭୁବନେଶ୍ୱର,୧୮।୧୧(ପିଏନ):୨୦୦୪ରୁ ୨୦୧୪ ଯାଏ କଂଗ୍ରେସ ନେତୃତ୍ୱାଧୀନ ୟୁପିଏ କ୍ଷମତାରେ ଥିବା ବେଳେ ଭୁଲ କରିଥିଲା। କ୍ଷମତାରେ ଥିବା ବେଳେ ୟୁପିଏ ଜାତିଗତ ଜନଗଣନା କରି ନଥିଲା। ୟୁପିଏ ପ୍ରଥମେ ଜାତିଗତ ଜନଗଣନା ପ୍ରସଙ୍ଗ ଉଠାଇଥିଲେ ହେଁ ଏହାକୁ କାର୍ଯ୍ୟକାରୀ ନ କରିବା ଭୁଲ ଥିଲା ବୋଲି କଂଗ୍ରେସ ସାଂସଦ ରାହୁଲ ଗାନ୍ଧି କହିଛନ୍ତି ।କିନ୍ତୁ ଏବେ ଦଳ ନିଜର ତ୍ରୁଟିକୁ ସୁଧାରିବା ଆରମ୍ଭ କରିଛି। କଂଗ୍ରେସ ଏବେ କ୍ଷମତାରେ ଥିବା କର୍ଣ୍ଣାଟକା ଓ ତେଲଙ୍ଗାନାରେ ଜାତି ଭିତ୍ତିକ ଜନଗଣନା ଆରମ୍ଭ କରିଛି। କଂଗ୍ରେସ–ଜେଏମଏମ ଝାରଖଣ୍ଡରେ କ୍ଷମତାକୁ ଆସିଲେ ଏଠାରେ ମଧ୍ୟ ସମାନ ପଦକ୍ଷେପ ନିଆଯିବ ବୋଲି ରାହୁଲ କହିଛନ୍ତି ।ଝାରଖଣ୍ଡର ରାଞ୍ଚିରେ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧି କହିଛନ୍ତି, "ୟୁପିଏ ଓ କଂଗ୍ରେସ ଜାତି ଭିତ୍ତିକ ଜନଗଣନାର ଚିନ୍ତାଧାରା ନେଇ ଆସିଥିଲା। କିନ୍ତୁ ସେତେବେଳେ ଆମେ ଏହାକୁ ଲାଗୁ କରିପାରି ନଥିଲୁ। ଏହା ଏକ ଭୁଲ ଥିଲା ବୋଲି ମୁଁ ବିଚାର କରୁଛି।

## ପ୍ରଦୂଷଣ: ଜଜ୍ ଜାଣି ନାହାନ୍ତି ସୁପ୍ରିମକୋର୍ଟରେ ଚାଲିଛି ନିର୍ମାଣ କାମ



ଭୁବନେଶ୍ୱର,୧୮।୧୧(ପି.ଏନ): ଦିଲ୍ଲୀରେ ବାୟୁ ପ୍ରଦୂଷଣ ସ୍ତର 'ସିଭିୟର ପ୍ଲସ' ହେବା ପରେ ଆଜିଠାରୁ ଲାଗୁ ହୋଇଛି ଏଜଇଚ–୪। ସ୍କୁଲ ଛାତ୍ରଛାତ୍ରୀଙ୍କ ଅଫଲାଇନ୍ କ୍ଲାସ ବନ୍ଦ କରାଯିବା ସହ ବିଭିନ୍ନ ଯାନ ଚଳାଚଳ ଓ ନିର୍ମାଣ କାର୍ଯ୍ୟ ଉପରେ ମଧ୍ୟ ଲାଗିଛି ପ୍ରତିବନ୍ଧକ। ଜାତୀୟ ରାଜଧାନୀରେ ବାୟୁର ଏଭଳି ସାଂଘାତିକ ସ୍ଥିତି ପାଇଁ ସୁପ୍ରିମକୋର୍ଟ ଦିଲ୍ଲୀ ସରକାର ଓ ଅଧିକାରୀମାନଙ୍କ ଉପରେ ବାରମ୍ବାର କ୍ଷୋଭ ପ୍ରକାଶ କରିଛନ୍ତି। ଯେତେବେଳେ ଦିଲ୍ଲୀରେ ନିର୍ମାଣ କାର୍ଯ୍ୟ ବନ୍ଦ ନେଇ ସର୍ବୋଚ୍ଚ ନ୍ୟାୟାଳୟ ଅପଡେଟ୍ ମାଗିଛନ୍ତି, ସେତେବେଳେ ଖୋଦ ସୁପ୍ରିମକୋର୍ଟ ଭିତରେ ନିର୍ମାଣ କାର୍ଯ୍ୟ ଚାଲିଥିବା ଜଣାପଡ଼ିଛି। ସୁପ୍ରିମକୋର୍ଟରେ ବିଚାରପତି ଜଷ୍ଟିସ ଅଭୟ ଏସ୍ ଓକା ଏବଂ ଜଷ୍ଟିସ ଅଗଷ୍ଟିନ ଜର୍ଜଙ୍କୁ ନେଇ ଗଠିତ ଦୁଇ ଜଣିଆ ଖଣ୍ଡପୀଠ ଦିଲ୍ଲୀ ବାୟୁ ପ୍ରଦୂଷଣ ଜନିତ ଏକ ମାମଲାର ଶୁଣାଣି କରୁଥିଲେ। ଏହି ସମୟରେ ବାୟୁ ଗୁଣବତ୍ତା ପରିଚାଳନା ଆୟୋଗ (CAQM) ଏବଂ ଦିଲ୍ଲୀ ସରକାରଙ୍କଠାରୁ ପ୍ରଦୂଷଣ ସମ୍ବନ୍ଧୀୟ ତଥ୍ୟ ମାଗିଥିଲେ ସର୍ବୋଚ୍ଚ ନ୍ୟାୟାଳୟ। ଯେତେବେଳେ କୋର୍ଟ ପଚାରିଥିଲେ ଯେ, ନିର୍ମାଣ ଏବଂ ଉଚ୍ଛେଦ କାର୍ଯ୍ୟ ଉପରେ ପ୍ରତିବନ୍ଧକ କେତେ ଦୂର ଲାଗିଛି ? କିଏ ଏହାକୁ ଅନୁଧ୍ୟାନ କରୁଛନ୍ତି କି ନାହିଁ ? ସେତେବେଳେ ବରିଷ୍ଠ ଆଇନଜୀବୀ ଗୋପାଳ ଶଙ୍କରନାରାୟଣନ କୋର୍ଟ ଭିତରେ ହିଁ ନିର୍ମାଣ କାର୍ଯ୍ୟ ଚାଲିଥିବା ନେଇ ବିଚାରପତିଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଆଇନଜୀବୀ ଶଙ୍କରନାରାୟଣନ କହିଛନ୍ତି, ନିର୍ମାଣ କାର୍ଯ୍ୟ ଖୋଦ ସୁପ୍ରିମକୋର୍ଟ ଭିତରେ ଚାଲିଛି। ପଥର ଗୁଡ଼ିକୁ ଭଙ୍ଗା ଯାଉଛି। ଫଳରେ ପଥର ଗୁଣ୍ଡ ବାୟୁରେ ମିଶି ଏହାକୁ ଆହୁରି ପ୍ରଦୂଷିତ କରୁଛି। ଏହା ସହିତ କୋର୍ଟରେ ନୂଆକରି ଉଦଘାଟିତ ହୋଇଥିବା ବ୍ଲକ୍ ଏବେ ମଧ୍ୟ ନିର୍ମାଣାଧୀନ ରହିଥିବାରୁ ଏହା ପ୍ରଚୁର ମାତ୍ରାରେ ବାୟୁ ପ୍ରଦୂଷିତ କରୁଛି ବୋଲି ସେ କହିଥିଲେ। ଏହା ଶୁଣି ବିଚାରପତି ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ତୁରନ୍ତ ସେକ୍ରେଟାରୀ ଜେନେରାଲଙ୍କୁ କୋର୍ଟରେ ହାଜର ହେବାକୁ ନିର୍ଦ୍ଦେଶ ଦେଇଥିଲେ।

## ଗ୍ୟାଙ୍ଗଷ୍ଟର ଲରେନ୍ସ ବିଷ୍ଣୋଇର ଭାଇ ଅନମୋଲ ଆମେରିକାରେ ଗିରଫ



ଭୁବନେଶ୍ୱର,୧୮।୧୧(ପିଏନ):ଜେଲରେ ଥିବା କୁଖ୍ୟାତ ଗ୍ୟାଙ୍ଗଷ୍ଟର ଲରେନ୍ସ ବିଷ୍ଣୋଇର ଭାଇ ଅନମୋଲ ଆମେରିକାରେ ଗିରଫ ହୋଇଛି। ଅନମୋଲ ଭାରତରେ ଏକାଧିକ ହତ୍ୟା ଘଟଣାର ମୋଷ୍ଟୱାଣ୍ଟେଡ ରହିଥିଲା। ସେ ଆମେରିକା ଓ କାନାଡାରେ ରହି ତା'ର ନେଟୱର୍କ ଚଳାଉଥିଲା। ହେଲେ ଆଜି ସେ ଆମେରିକା ପୁଲିସ୍ ? ଦ୍ୱାରା ଗିରଫ ହୋଇଛି। ପ୍ରାଥମିକ ସୂଚନା ଅନୁସାରେ, ଅନମୋଲକୁ ପ୍ରଥମେ ଆଜି କାଲିଫର୍ଣ୍ଣିଆ ପୁଲିସ ଅଟକ ରଖିଥିଲା। ଏହାପରେ ତାକୁ ବିଧିବଦ୍ଧ ଭାବେ ଗିରଫ କରାଯାଇଛି। ସେ ପୁଲିସ୍ ? ହେପାଜତରେ ଥିବାରୁ ତା'କୁ ଭାରତ ସରକାର ସ୍ୱଦେଶ ଆଣିବା ପାଇଁ ଉଦ୍ୟମ କରିପାରନ୍ତି ।ତା' ନାଁରେ ଭାରତରେ ଏକାଧିକ ହାଇପ୍ରୋଫାଇଲ ମାମଲା ରହିଛି। ସେ ଭାରତରୁ ଖସି ଯାଇଥିବାରୁ ତା'କୁ ପଳାତକ ମଧ୍ୟ ଘୋଷଣା କରାଯାଇଛି। ନିକଟରେ ରାଜନେତା ବାବା ସିଦ୍ଦିକିଙ୍କୁ ହତ୍ୟା କରାଯିବା ଘଟଣାରେ ମଧ୍ୟ ଅନମୋଲର ହାତ ରହିଛି।

## ଅମିତ ଶାହଙ୍କ ବୈଠକ: ଅଶାନ୍ତ ମଣିପୁର ଗଲେ ଅତିରିକ୍ତ ୫୦ ପ୍ଲାଟୁନ କେନ୍ଦ୍ରୀୟ ଫୋର୍ସ



ଭୁବନେଶ୍ୱର,୧୮।୧୧(ପି.ଏନ): ଆଦିବାସୀ ଓ ଅଣଆଦିବାସୀଙ୍କ ସଂଘର୍ଷ ଯୋଗୁ ଅଶାନ୍ତ ହୋଇଥିବା ମଣିପୁରର ସ୍ଥିତି ଏବେ ଅତ୍ୟନ୍ତ ସାଂଘାତିକ ହୋଇପଡିଛି। ପୋଡାଜଳା ଯୋଗୁ ମଣିପୁର ସ୍ଥିତି ଦିନକୁ ଦିନ ବେକାବୁ ହେଉଛି। ସ୍ଥିତି ବିଗିଡିବାରେ ଲାଗିଥିବାରୁ ଆଜି ପୁଣିଥରେ ସମୀକ୍ଷା ବୈଠକ କରିଛନ୍ତି ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହ। ସେ ଦିଲ୍ଲୀରେ ଉଚ୍ଚସ୍ତରୀୟ ବୈଠକ କରିବା ସହ ବଡ ନିଷ୍ପତ୍ତି ନେଇଛନ୍ତି ।ମଣିପୁରରେ ହିଂସା ବ ?ୁଥିବାରୁ ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ସୁରକ୍ଷା ବ୍ୟବସ୍ଥାକୁ ଆହୁରି ବ୍ୟାପକ କରିବାକୁ କହିଛି। ବୈଠକ ବେଳେ ସ୍ୱରାଷ୍ଟ୍ର ମନ୍ତ୍ରୀ ମଣିପୁରରେ ମୁତୟନ ହୋଇଥିବା ସୁରକ୍ଷା ବ୍ୟବସ୍ଥାର ସମୀକ୍ଷା କରିଛନ୍ତି। କେନ୍ଦ୍ରୀୟ ଆର୍ମଡ ପୁଲିସ୍ ? ଫୋର୍ସ(ସିଏପିଏଫ) ଓ ରାଜ୍ୟ ପୁଲିସ୍ ?କୁ ମଣିପୁରରେ ଶାନ୍ତିଶୃଙ୍ଖଳା ବଜାୟୀ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୧୮ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା। ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ।

–ପ୍ରକାଶକ

## ବଢିଲା ମାଟ୍ରିକ ଫର୍ମ ପୂରଣ ଅବଧି ବୃଦ୍ଧି

ଭୁବନେଶ୍ୱର,୧୮।୧୧(ପି.ଏନ): ବଢିଲା ମାଟ୍ରିକ ଫର୍ମ ପୂରଣ ଅବଧି । ଆସନ୍ତା ୨୫ ତାରିଖ ଯାଏଁ ବୃଦ୍ଧି କରାଯାଇଛି । ଏନେଇ ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ଘୋଷଣା କରାଯାଇଛି । ବାର୍ଷିକ ଔଝଉ ସହ SOSC ଫର୍ମ ପୂରଣ ଅବଧି ବଢ଼ିଲା । ପ୍ରକାଶଥାଉକି, ଆଜି ଫର୍ମ ପୂରଣର ଶେଷ ତାରିଖ ରହିଥିବା ବେଳେ ଏହାକୁ ଆଉ ସପ୍ତାହେ ବୃଦ୍ଧି କରାଯାଇଛି । ଛାତ୍ରଛାତ୍ରୀମାନେ ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଦ୍ୱାରା ପରିଚାଳିତ ୨୦୨୫ ମାଟ୍ରିକ ପରୀକ୍ଷା ନିମନ୍ତେ ଫର୍ମପୂରଣ ଆସନ୍ତା ୨୫ ତାରିଖ ଯାଏଁ କରିପାରିବେ । ଉଭୟ ରେଗୁଲାର ଓ ଏକ୍ସ ରେଗୁଲାର ପରୀକ୍ଷାର୍ଥୀ ଅନଲାଇନ୍‌ରେ ଫର୍ମ ଫିଲ୍‌ଅପ୍ କରିବେ।

## କେବେ ହେବ ରତ୍ନଭଣ୍ଡାରର ଅଳଙ୍କାର ଗଣତି, କହିଲେ ପୃଥ୍ୱୀରାଜ ହରିଚନ୍ଦନ



ଭୁବନେଶ୍ୱର,୧୮।୧୧(ପି.ଏନ): ସରିଛି କାର୍ତ୍ତିକ ମାସ । ଶ୍ରୀମନ୍ଦିର ରତ୍ନଭଣ୍ଡାରରେ ଭିଡ କମିଛି । ଖୁବ ଶୀଘ୍ର ରତ୍ନଭଣ୍ଡାରର ମରାମତି କାମ ଆରମ୍ଭ ହୋଇ ଜାନୁଆରୀ ଶେଷ ସୁଦ୍ଧା ସରିବ ମରାମତି ସରିବ । ଏହା ପରେ ଅଳଙ୍କାର ଗଣତି ମଣତି ହେବା ବୋଲି ଆଜି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି । ମନ୍ତ୍ରୀ କହିଛନ୍ତି କାର୍ତ୍ତିକ ମାସ ପାଇଁ ମନ୍ଦିରରେ ଭକ୍ତଙ୍କ ଭିଡ ଲାଗିରହିଥିଲା, ତେଣୁ ମରାମତି କାମ ହୋଇପାରି ନ ଥିଲା । ଏବେ ଏଏସଆଇ ମରାମତି କାମ ଆରମ୍ଭ କରିବ ।ମନ୍ତ୍ରୀଙ୍କ କହିବା ମୁତାବକ, ଏବେ ରତ୍ନଭଣ୍ଡାରର ମରାମତି କାମ ହେବ ଓ ଜାନୁଆରୀ ଶେଷ ସୁଦ୍ଧା ଏହି କାମ ସରିବ। । ମରାମତି କାମ ସରିବା ପରେ ରତ୍ନ, ଅଳଙ୍କାରକୁ ରତ୍ନଭଣ୍ଡାର ସ୍ଥାନାନ୍ତର କରିବା ପରେ ହିଁ ସେସବୁର ଗଣତି ମଣତି ହେବ, ଏହା ହିଁ ନିୟମ । ଠାକୁରଙ୍କ ଅଳଙ୍କାର ଅନ୍ୟତ୍ର ଗଣତି ହୋଇ ପାରିବ ନାହିଁ । ଏଥିସହ ମନ୍ତ୍ରୀ କହିଛନ୍ତି, ଏଥିନେଇ ବୁଧବାର ପରେ ଏକ ବୈଠକ ବସିବ । ସେହିପରି ମେଘନାଦ ପ୍ରାଚୀର ମରାମତିକୁ ନେଇ ଗଣମାଧ୍ୟମର ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି, ଏବେ ମେଘନାଦ ପାଚେରୀ ଓଦା ଅଛି । ପାଚେରୀ ଶୁଖିବା ପରେ ତାର ମଧ୍ୟ ମରାମତି ହେବ ।ମନ୍ତ୍ରୀ ଏହି ସୂଚନା ଦେବା ଅବସରରେ ଆହୁରି କହିଛନ୍ତି କି, ରତ୍ନଭଣ୍ଡାରରେ ଗୁପ୍ତ ସୁଡଙ୍ଗ ନେଇ ଯେଉଁ ଚର୍ଚ୍ଚା ହେଉଥିବା ସେଥିରେ କୌଣସି ସତ୍ୟତା ନାହିଁ । ସେମିତି କିଛି ନାହିଁ ରତ୍ନଭଣ୍ଡାରରେ । ରତ୍ନଭଣ୍ଡାର ସମ୍ପୂର୍ଣ୍ଣ ନିବୁଜ ରହିଛି । ଏଠାରେ କହି ରଖୁ କି, ବିଜେପି ସରକାର ଆସିବା ପରେ ମନ୍ଦିରର ରତ୍ନଭଣ୍ଡାରରୁ ସବୁ ଅଳଙ୍କାର, ଆଲମାରି ଓ ଅନ୍ୟାନ୍ୟ ବହୁମୂଲ୍ୟ ଦ୍ରବ୍ୟକୁ ସାମୟିକ ଭାବେ ଅସ୍ଥାୟୀ ଷ୍ଟ୍ରଙ୍ଗ ରୁମକୁ ସ୍ଥାନାନ୍ତର କରାଯାଇଛି ।

## ଆଇପିଏଲ୍ ଅକ୍ସନରେ ୧୩ ବର୍ଷର ବାଳକ ବୈଭବ ସୂର୍ଯ୍ୟବଂଶୀ



ଭୁବନେଶ୍ୱର,୧୮।୧୧(ପି.ଏନ): ଆଇପିଏଲରେ ଏପର୍ଯ୍ୟନ୍ତ ଅନେକ ରେକର୍ଡ ଏବଂ ଚମତ୍କାର ଆପଣ ଦେଖିଛନ୍ତି। କିନ୍ତୁ ଏଥର ଇଣ୍ଡିଆନ୍ ପ୍ରିମିୟର ଲିଗ୍ ଇତିହାସରେ ପ୍ରଥମ ଥର ପାଇଁ ଏଭଳି ଏକ ଚମତ୍କାର ଘଟଣା ଘଟିବାକୁ ଯାଉଛି, ଯାହା ବୋଧହୁଏ ଆପଣ କଳ୍ପନା ମଧ୍ୟ କରିନଥିବେ। ବାସ୍ତବରେ, ଏଥର ଅକ୍ସନ ପାଇଁ ଜଣେ ୧୩ ବର୍ଷର ବାଳକଙ୍କ ନାଁ ସର୍ଟଲିଷ୍ଟେଡ ହୋଇଛି। ଆଇପିଏଲ୍ ଅକ୍ସନ ଇତିହାସରେ ସେ ସର୍ବକନିଷ୍ଠ। ଯଦି ତାଙ୍କୁ କେହି କିଣନ୍ତି, ତେବେ ସେ ଆଇପିଏଲରେ ପ୍ରବେଶ କରିବାରେ ମଧ୍ୟ ସର୍ବକନିଷ୍ଠ ଖେଳାଳି ହୋଇଯିବେ। ବିହାରର ଏହି ୧୩ ବର୍ଷର ବାଳକ ବୈଭବ ସୂର୍ଯ୍ୟବଂଶୀ ଆଇପିଏଲ୍ ୨୦୨୫ର ମେଗା ନିଲାମ ପାଇଁ ନିଜର ନାମ ପଞ୍ଜିକରଣ କରିଥିଲେ। ? ଆଇପିଏଲ୍ ବୋର୍ଡ ଦ୍ୱାରା ନିଲାମ ପାଇଁ ସର୍ଟଲିଷ୍ଟ ହୋଇଥିବା ଖେଳାଳି ତାଲିକାରେ ମଧ୍ୟ ବୈଭବଙ୍କ ନାମ ରହିଛି। ୩୦ ଲକ୍ଷ ଟଙ୍କା ବେସ୍ ପ୍ରାଇସ ସହିତ ନିଲାମରେ ପ୍ରବେଶ କରିବେ ବୈଭବ। ବିହାରର ତାଜପୁର ଗାଁରେ ୨୦୧୧ ମସିହାରେ ବୈଭବଙ୍କ ଜନ୍ମ। ଏତେ ଛୋଟ ବୟସରୁ ସେ ହାସଲ କରିଥିବା କ୍ରିକେଟ ରେକର୍ଡ ଓ ତାଙ୍କ ପ୍ରଭାବୀ କ୍ୟାରିୟର ତାଙ୍କ ଉପରେ ଟଙ୍କା ବର୍ଷା କରିବା ପାଇଁ ଫ୍ରାଞ୍ଚାଇଜ୍ ଗୁଡ଼ିକୁ ବାଧ୍ୟ କରିବ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ।

## ୧୦୬୮ ଟଙ୍କାର କିଟ୍‌କାଟ୍

ଯଦି ଆପଣ ଚକୋଲେଟ୍ ଖାଇବାର ସୌଖୀନ୍ ତେବେ ଆପଣଙ୍କ ପାଇଁ ଏକ ବଡ଼ ଖୁସି ଖବର। ପ୍ରସିଦ୍ଧ କମ୍ପାନୀ ନେସ୍‌ଲେ ଜାପାନରେ ଗୋଟିଏ ନୂଆ ପ୍ରଡ଼କ୍ଟ ଲଞ୍ଚ କରିଛନ୍ତି । ଏହି ପ୍ରଡ଼କ୍ଟ ହେଉଛି ଗୋଟିଏ ଚକୋଲେଟ୍। କିନ୍ତୁ ଏହା ଏକ ସାଧାରଣ ଚକୋଲେଟ୍ ନୁହେଁ। ସୁନାରେ ପ୍ରସ୍ତୁତ ଚକୋଲେଟ୍। ନେସ୍‌ଲେ ଏହି ଚକୋଲେଟ୍‌ର ଉତ୍ପାଦନ କମ୍ପାନୀର ଚକଲେଟ୍ରୀ ବୁଟିକ୍ ପାଇଁ କରିଛନ୍ତି । ଏହାକୁ ଖାଇବା ଯୋଗ୍ୟ କରିବା ପାଇଁ ସେଥିରେ ସୁନାରେ ପତଳା କୋର୍ଟି ଦିଆଯାଇଛି । ଏବେ ଚକୋଲେଟ୍‌କୁ ୱାନ୍ ଫିଙ୍ଗର କିଟ୍‌କାଟ୍ ଚକୋଲେଟ୍ ଆକାରରେ ଲଞ୍ଚ କରାଯାଇଛି । ମିଳିଥିବା ସୂଚନା ଅନୁଯାୟୀ କମ୍ପାନୀ ଡିସେମ୍ବରର ଶେଷ ଆଡ଼କୁ ୫୦୦ ଚକୋଲେଟ୍‌କୁ ଜାପାନ୍‌ର ୮ଟି କିଟ୍‌କାଟ୍ ବୁଟିକ୍‌ରେ ବିକ୍ରି କରିବେ



। ସୁନାର ପରସ୍ତ ପଡ଼ିଥିବା ଏହି ଚକୋଲେଟ୍‌ର ଜାପାନ ମୂଲ୍ୟ ୨,୦୧୬ୟେନ୍(୧୬ଡଲାର) ଦାମରେ ବିକ୍ରି କରାଯିବ । ଯାହାର ଭାରତୀୟ ମୂଲ୍ୟ ୧.୦୬୮ଟଙ୍କା ହେବ । ଜାପାନରେ ନେସଲେ ୩୦ପ୍ରକାରର କିଟ୍‌କାଟ୍ ବିକ୍ରି କରିଥାଏ ।

## ଭୂତଙ୍କ ମେଳା



ମେଳା ତ ଅନେକ ରହିଥାଏ। ମେଳାକୁ ଆକର୍ଷଣୀୟ କରିବା ପାଇଁ କେତେକ ସ୍ଥାନରେ ଗୋରୁଗାଇ ତ ଆଉ କେଉଁଠି କଣ୍ଢେଇ, ଖେଳନାମାନ ବିକ୍ରି କରାଯାଇଥାଏ। ହେଲେ ଭୂତମାନଙ୍କୁ ନେଇ କେବେ କୌଣସି ମେଳା ହେଉଥିବା ବିଷୟରେ ଶୁଣିଛନ୍ତି। କିନ୍ତୁ ଏପରି ଏକ ମେଳା ମିର୍ଜାପୁରର କୋହରୋରାର ବରହି ଗ୍ରାମରେ ବେଚୁବୀର ବାବାଙ୍କ ସମାଧି ଉପରେ ହୋଇଥାଏ। ଏହି ମେଳାରେ ଭୂତ, ପ୍ରେତ ଏବଂ ଡାହାଣୀମାନଙ୍କର ମେଳା ହୋଇଥାଏ। ଅନ୍ଧବିଶ୍ୱାସ ସହିତ ଜଡ଼ିତ ଏହି ମେଳାରେ ଭୂତ-ପ୍ରେତଙ୍କ ପ୍ରକୋପରୁ ଲୋକମାନଙ୍କୁ ମୁକ୍ତି ଦିଆଯାଇଥାଏ। ଅନ୍ଧବିଶ୍ୱାସର ଏ ସମସ୍ତ ଖେଳ ସ୍ଥାନୀୟ ପୋଲିସ କର୍ମଚାରୀମାନଙ୍କ ସାମ୍ନାରେ ହୋଇଥାଏ। ଏହି ମେଳା ୩୫୦ବର୍ଷରୁ ହୋଇଆସିଲାଣି। ଅନ୍ଧବିଶ୍ୱାସର ଏହି ମେଳାରେ ଅଭିଯୋଗ ନେଇ ମଣିଷମାନେ ଆସିଥାନ୍ତି। ଯଦି କୌଣସି ବ୍ୟକ୍ତିଙ୍କ ଉପରେ ଭୂତ କିମ୍ବା ପ୍ରେତଙ୍କର ପ୍ରଭାବ ରହିଥାଏ ତେବେ ତାଙ୍କୁ ଏହି ସଂକଟରୁ କେବଳ ବେଚୁବିର ବାବା ହିଁ ମୁକ୍ତ କରିପାରିବେ। ଏଠାକୁ ଅନେକ ଦୂର ଦୂରାନ୍ତରୁ ଲୋକମାନେ ଚିକିତ୍ସା କରିବା ପାଇଁ ଆସିଥାନ୍ତି। ବେଚୁ ବାବାଙ୍କ ସମାଧିର ଦେଖାଶୁଣା ତାଙ୍କର ଏହି ଛଅ ବଶଂଜ କରିଥାନ୍ତି। ଏଠାରେ ଭୂତ-ପ୍ରେତଙ୍କ ବ୍ୟତୀତ ନିଃସନ୍ତାନ ଲୋକମାନେ ମଧ୍ୟ ଆସିଥାନ୍ତି।

## ପୁରାଣ କାହାଣୀ

# ହଜିଯାଇଥିବା ଜିନିଷ ଖୋଜି ଆଣିବ ସୁଦର୍ଶନ ଚକ୍ର



ଜୀବନରେ କୌଣସି ଜିନିଷ ହଜିଯିବା, କେଉଁଠି ରଖି ଭୁଲିଯିବା, ହଜିଯାଇଥିବା ଜିନିଷ ଖୋଜିଲେ ନ ମିଳିବା ଆଦି ସମସ୍ୟା ସ୍ୱାଭାବିକ୍ ଭାବେ ଘଟିଥାଏ । ଯାହା ମନକୁ ଭାରାକ୍ରାନ୍ତ କରିଦିଏ। ଏଭଳି ପରିସ୍ଥିତିରେ କାର୍ତ୍ତବିର୍ଯ୍ୟାର୍ଜୁନ୍ ରାଜା ଯିଏ ହେୟ ବଂଶର ତଥା ଭଗବାନ ବିଷ୍ଣୁଙ୍କ ସୁଦର୍ଶନ ଚକ୍ରର ଅବତାର ବୋଲି କୁହାଯାଇଥାଏ। ତାଙ୍କର ସାଧନା କରିବା ଦ୍ୱାରା ଏହି ସବୁ ସମସ୍ୟାରୁ ତୁରନ୍ତ ମୁକ୍ତି ମିଳିଥାଏ। ପୁରାଣରେ ବର୍ଣ୍ଣିତ ହୋଇଛି ଯେ ସୁଦର୍ଶନ ଚକ୍ର ଯେ କୌଣସି ଦିଗକୁ ଯାଇ ହଜିଥିବା ଜିନିଷ ଖୋଜି ଆଣିବାରେ ସାହାଯ୍ୟ କରିଥାଏ। ଏହାର ସାଧନା ପାଇଁ ଦୀପ ଜଳାଇ ପୂର୍ବ ଅଥବା ଉତ୍ତର ଦିଗ ପଟକୁ ମୁହଁ କରି ବସନ୍ତୁ। ହଜିଯାଇଥିବା ଜିନିଷକୁ ଭାବନାରେ ଆଣି ଭଗବାନ ବିଷ୍ଣୁଙ୍କର ସୁଦର୍ଶନ ରୂପକୁ ସ୍ମରଣ କରି ଧ୍ୟାନ କରନ୍ତୁ ।

# ନ୍ୟୁଡ ସେଲଫି ବଦଳରେ ମିଳୁଛି ଋଣ

ବେଙ୍କିଂ ସାଧାରଣତଃ ଋଣ ପ୍ରଦାନ ସମୟରେ ବ୍ୟାଙ୍କ କର୍ତ୍ତୃପକ୍ଷ ଘର କିମ୍ବା ଜମି ପଟ୍ଟାକୁ ବନ୍ଧକ ରଖିଥାନ୍ତି। ହେଲେ ଚୀନର ଏକ ବ୍ୟାଙ୍କ ଗ୍ୟାରେଣ୍ଟି ବାବଦରେ ଝିଅଙ୍କ ଅଶ୍ଳୀଳ ଫଟୋକୁ ଗ୍ରହଣ କରୁଛି। ସର୍ତ୍ତ ରହିଛି ଯଦି ସଠିକ ସମୟରେ ଋଣ ପରିଶୋଧ କରାନଯାଏ ତେବେ ଏହି ଫଟୋକୁ ସାର୍ବଜନୀନ କରାଯିବ। ଚୀନରେ ଜିଏଦାଇବାଓ ନାମକ ଏକ କମ୍ପାନୀ ଲୋକଙ୍କୁ ବ୍ୟବସାୟ ଏବଂ ଆବଶ୍ୟକୀୟ ସାମଗ୍ରି କ୍ରୟ ପାଇଁ ଅନଲାଇନରେ ଋଣ ପ୍ରଦାନ କରୁଛି। ତେବେ ଋଣ ପାଇଁ ଗ୍ୟାରେଣ୍ଟର ଭାବେ ଝିଅ



ପିଲାଙ୍କୁ ଅନଲାଇନରେ ନ୍ୟୁଡ ଫଟୋ ଦେବାକୁ କୁହାଯାଉଛି। ଏଥିରେ ଝିଅମାନେ ନିଜ ପରିଚୟ ପତ୍ର ସହ ଫଟୋ ଦେଉଛନ୍ତି। କୁହାଯାଇଛି ଯେ ଯଦି ସଠିକ ସମୟରେ ଋଣ ଅର୍ଥ ପୈଠ ନହୁଏ ତେବେ ଏହି ଫଟୋ ପରିବାର ଏବଂ ପରିଚିତ ଲୋକମାନଙ୍କୁ ପଠାଇବା ସହ ସୋସିଆଲ ସାଇଟରେ ମଧ୍ୟ ସେୟାର କରାଯିବ। କମ୍ପାନୀଟି ୩୦% ସାପ୍ତାହିକ ସୁଧରେ ଏହି ଅର୍ଥ ଆବଶ୍ୟକୀୟ ଲୋକଙ୍କୁ ପ୍ରଦାନ କରୁଛି। ମିଳିଥିବା ସୂଚନା ଅନୁସାରେ ଏହି କମ୍ପାନୀଟି ଅଦ୍ୟାବଧି ୧୬୦ଜଣ ଝିଅଙ୍କ ଫଟୋକୁ ସୋସିଆଲ ସାଇଟରେ ଛାଡି ସାରିଲେଣି। ଘଟଣାକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ଆରମ୍ଭ ହୋଇଥିଲା ବେଳେ କମ୍ପାନୀକୁ ବନ୍ଦ କରିବା ପାଇଁ ଦାବି ତେଜିଲାଣି।

# ଖାତାକୁ ଆସିଲା ୩୧କୋଟି, ଗହଣା ଏବଂ କପଡ଼ା ପାଇଁ କରିଦେଲେ ଖର୍ଚ୍ଚ

ସିଡନୀ ଭାରତରେ ନୋଟରଦ୍ଦ ନିଷ୍ପତ୍ତି କାରଣରୁ ଅନେକ କଳାଧନକୁ ଧଳା କରିବା ପାଇଁ ଅନ୍ୟମାନଙ୍କ ଆକାଉଣ୍ଟରେ ଅର୍ଥ ଜମା କରୁଥିବା ଘଟଣା ଏବେ ଦେଖିବାକୁ ମିଳୁଛି। ସେହିପରି ଭୁଲରେ ମଧ୍ୟ ବ୍ୟାଙ୍କ



ଅଧିକାରୀମାନେ ଜଣଙ୍କ ସ୍ଥାନରେ ଅନ୍ୟଜଣଙ୍କ ଆକାଉଣ୍ଟରେ ଟଙ୍କା ଜମା କରିଦେଉଛନ୍ତି। ବ୍ୟାଙ୍କର ଏହି ତ୍ରୁଟି ଯୋଗୁ ଜଣେ ଛାତ୍ରଙ୍କୁ କୋର୍ଟର ଚକ୍କର କାଟିବାକୁ ପଡିଛି। ମାମଲାଟି ୨୦୧୨ ମସିହାର। ବ୍ୟାଙ୍କ ପକ୍ଷରୁ ଭୁଲରେ ମାଲେସିଆର ଜଣେ ୨୧ବର୍ଷୀୟ ଛାତ୍ରୀ କ୍ରିଷ୍ଟିନାଙ୍କ ଖାତାକୁ ଆସିଥିଲା ୩୧କୋଟି ଟଙ୍କା। ୨୦୧୪ ଜୁଲାଇ ମାସରେ ଏ ସମ୍ପର୍କରେ କ୍ରିଷ୍ଟିନା ଜାଣିପାରିଥିଲେ। ପରେ ଏହି ଟଙ୍କାରେ ସେ ଗହଣା,ପ୍ରଶାଧନ ସାମଗ୍ରିଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ଜିନିଷ କ୍ରୟ କରିଥିଲେ। ଏପରିକି ଗୋଟିଏ ଦିନ ସେ ଦେଢକୋଟି ଟଙ୍କାର କିଣାବିକା କରିଥିଲେ। ଗତବର୍ଷ ଏହି ତ୍ରୁଟି ସମ୍ପର୍କରେ ବ୍ୟାଙ୍କ କର୍ତ୍ତୃପକ୍ଷ ଅବଗତ ହେବାପରେ କ୍ରିଷ୍ଟିନାଙ୍କୁ ଫୋନ କରି ତୁରନ୍ତ ଟଙ୍କା ଫେରାଇବା ପାଇଁ ଅନୁରୋଧ କରିଥିଲେ। ହେଲେ କ୍ରିଷ୍ଟିନା କହିଥିଲେ ଯେ ମୁଁ ଭାବିଥିଲି ଏହି ଟଙ୍କା ମୋତେ ମୋ ବାପା ପଠାଇଛନ୍ତି। ପରେ ଘଟଣାଟି କୋର୍ଟରେ ପହଞ୍ଚିଥିଲା। ଗତ ମଙ୍ଗଳବାର ଦିନ ଡାଉନିଂ ସେଣ୍ଟର କୋର୍ଟରେ କ୍ରିଷ୍ଟିନା ଉପସ୍ଥିତ ହୋଇ ନିଜ ଯୁକ୍ତି ରଖିଥିଲେ। ପରେ ଏହି ମାମଲାରେ କୋର୍ଟ ତାଙ୍କୁ ସମ୍ମାନର ସହ ମୁକ୍ତି କରିଛି।

## ସନ୍ତାନ ଓ ଚାକିରି ଛାଡ଼ି ଆଇଏସ ବିରୋଧରେ ବନ୍ଧୁକ ଉଠାଇଲେ ମହିଳା

ସିରିୟାର ବେବିଲୋନିଆ ତାଙ୍କର ଦୁଇ ସନ୍ତାନ



ଓ ହେୟାର ଡ୍ରେସର ଚାକିରି ଛାଡି ଦୁର୍ଦ୍ଧର୍ଷ ଆତଙ୍କବାଦୀ ସଂଗଠନ ଆଇଏସଆଇଏସ ବିରୋଧରେ ବନ୍ଧୁକ ଉଠାଇଛନ୍ତି। ସେ ଆଇଏସ ବିରୋଧରେ ଲଢୁଥିବା ଖ୍ରୀଷ୍ଟିଆନ ଫିମେଲ ପ୍ରୋଟେକସନ ଗ୍ରୁପରେ ସାମିଲ ହୋଇଛନ୍ତି। ୩୬ ବର୍ଷୀୟା ବେବିଲୋନିଆ ସିରିୟାର ଉତ୍ତର-ପୂର୍ବରେ ହଶକାହ ପ୍ରଦେଶରେ ଖ୍ରୀଷ୍ଟିଆନ ସଂଖ୍ୟାଲଘୁ ସଂପ୍ରଦାୟର ମହିଳା। ଏହି ଗ୍ରୁପରେ ୫୦ ମହିଳା ଅଛନ୍ତି ଏବଂ ଏମାନଙ୍କ ପ୍ରଶିକ୍ଷଣ ଶିବିର ସିରିୟାର ଅଲ-କହତନିଏ ସହରରେ ରହିଛି। ବେବିଲୋନିଆ କହିଛନ୍ତି ପିଲାଙ୍କ ଭବିଷ୍ୟକୁ ସୁରକ୍ଷିତ କରିବା ପାଇଁ ସେ ଆଇଏସଆଇଏସ ବିରୋଧରେ ଅସ୍ତ୍ର ଉଠାଇଛନ୍ତି। ସିରିୟାରେ ୮୯ହଜାର ଖ୍ରୀଷ୍ଟିଆନ ବସବାସ କରୁଥିଲେ ହେଁ ଆଇଏସ ଆତଙ୍କବାଦୀଙ୍କ ଭୟରେ ଏମାନଙ୍କ ସଂଖ୍ୟା ଦ୍ରୁତ ହ୍ରାସ ପାଉଛି।

## ଆଜିର ଭାଗ୍ୟ

**ମେଷ**
କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ**
ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ**
କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ**
ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ**
ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା**
ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା**
ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା**
ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ**
ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର**
କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ**
ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ**
କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ସୁନ୍ଦର ଆଖି

ମଣିଷ ଶରୀରରେ ଆଖି ହେଉଛି ସବୁଠାରୁ ସୁନ୍ଦର ଭାଗ । ଯାହା ଆପଣଙ୍କ ସୁନ୍ଦରତାକୁ ଆହୁରି ବଢାଇ ଦେଇଥାଏ । ଯଦି ଆପଣ ଆପଣଙ୍କ ଆଖିକୁ ସୁନ୍ଦର କରିବାକୁ ଚାହାନ୍ତି ତେବେ, ସ୍ମୋକିକ ଆଇଜ୍ ପାଇଁ ସର୍ବଦା ଗ୍ରେ ଏବଂ କଳା ରଙ୍ଗର ଆଇସ୍ୟାଡୋର ମିଶ୍ରଣକୁ କଳା ସହିତ ଲଗାନ୍ତୁ । ଏଥିପାଇଁ ସର୍ବପ୍ରଥମେ ଆଇବ୍ରୋର ତଳ ଭାଗରେ ରହିଥିବା ହାଡରୁ ଟିକେ ତଳକୁ ଆଖିପତାରେ ଗ୍ରେ ରଙ୍ଗର ଆଇସ୍ୟାଡେ ଲଗାନ୍ତୁ । ଏହାପରେ ଆଖିର ତଳ ଏବଂ ଉପର ଦୁଇ ଭାଗରେ କଳା ଲଗାନ୍ତୁ । ଏହା ଆଖିର ସୁନ୍ଦରତା ବଢେଇ ଦେଇଥାଏ ।

# କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ହାନିକାରକ

ଆପଣଙ୍କ ଶରୀର ପାଇଁ କ୍ଷତିକାର୍ ସାବ୍ୟସ୍ତ ହୋଇପାରେ। ନିକଟରେ କରାଯାଇଥିବା ଏକ ଗବେଷଣାରୁ ଜଣାଯାଇଛି କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ଓ ଲୁଣ ପ୍ରତିକ୍ରିୟା କରି ଏଭଳି ଏକ ହାନିକାରକ ରସାୟନ ନିର୍ମାଣ କରୁଛନ୍ତି, ଯାହା ଆପଣଙ୍କୁ ଡାକ୍ତରଖାନାରେ ପହଞ୍ଚାଇଦେବ। ଗବେଷକମାନେ ଅନେକ ଅଣୁମାନଙ୍କର ସନ୍ଧାନ କରିଛନ୍ତି, ଯାହା ସମ୍ପୂର୍ଣ୍ଣ ନୂଆ ଓ କ୍ଲୋରାମିନ୍ ଯୁକ୍ତ ପାଣି ଓ ଖାଦ୍ୟରେ ଥିବା ଆୟୋଡ଼ିନ୍ ଯୁକ୍ତ ଲୁଣ ମଧ୍ୟରେ



ପ୍ରତିକ୍ରିୟାରୁ ସୃଷ୍ଟି ହୋଇଛନ୍ତି। ପାଣିକୁ ସ୍ୱଚ୍ଛ କରିବା ପାଇଁ ସେଥିରେ କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍‌ର ଅଣୁ ମିଶାଯାଇଥାଏ। ଗବେଷକଙ୍କ ମତରେ ପାଇପ୍ ପାଣିରେ ଉପସ୍ଥିତ ଥିବା କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସ ଆୟୋଡ଼ିନ୍ ଲୁଣ ସହ ପ୍ରତିକ୍ରିୟା କରି ହାଇପୋଆୟୋଡ଼ସ୍ ଏସିଡ଼ ନିର୍ମାଣ କରିଥାଏ। ଯାହା ସାଧାରଣତଃ ହାନିକାରକ ନୁହେଁ। କିନ୍ତୁ ଯେତେବେଳେ ଏସିଡ଼ ଖାଦ୍ୟ ରାନ୍ଧିବା ସମୟରେ ପାଇପ୍ ପାଣିରେ ଉପସ୍ଥିତ ଅଣୁ ଓ ଅନ୍ୟ କାର୍ବନିକ୍ ପଦାର୍ଥ ସହିତ ପ୍ରତିକ୍ରିୟା କରିଥାଏ। ସେତେବେଳେ ସେଥିରେ ହାନିକାରକ ଆୟୋଡ଼ିନ୍ ଯୁକ୍ତ ଜୀବାଣୁ ନାଶକ ତିଆରି ହୋଇଥାଏ। ହଂକଂ ୟୁନିଭରସିଟିର ସହାୟକ ପ୍ରଫେସର ଡା. ଶିୟାଂଗ୍ରୁ ଝାଂଗଙ୍କ ଅନୁସାରେ ଖାଦ୍ୟ ବନାଇବା ସମୟରେ ସୃଷ୍ଟି ହେଉଥିବା ଆଇ-ଡିବିପି ପର୍ଯ୍ୟାବରଣୀୟ ରସାୟନବିଦ୍ ଓ ଇଞ୍ଜିନିୟର ମାନଙ୍କ ପାଇଁ ସମ୍ପୂର୍ଣ୍ଣ ନୂଆ। ତେଣୁ ଗବେଷକମାନେ ବିଭିନ୍ନ ପାଇପ ପାଣିକୁ ବିଭିନ୍ନ ତାପମାତ୍ରାରେ ରଖି ସେଥିରେ ଆୟୋଡ଼ିନ୍ ଲୁଣ ମିଶାଇ ପରୀକ୍ଷା କରିଥିଲେ। ଅତି ଆଧୁନିକ ପ୍ରକ୍ରିୟା ବ୍ୟବହାର କରି ସେମାନେ ସେଥିରୁ ୧୪ ଅଣୁକୁ ଚିହ୍ନିପାରିଥିଲେ ଯାହା ୫୦-୨୦୦ଗୁଣା ଅଧିକ କ୍ଷତିକାରକ।

# ଅନିଦ୍ରାର କୁପ୍ରଭାବ



ନିଦ ନ ଆସିବାର ସମସ୍ୟାକୁ ଏକ ସାଧାରଣ କଥା ଭାବିବା ଉଚିତ୍ ନୁହେଁ। ଏଥିରେ ମସ୍ତିଷ୍କର କାର୍ଯ୍ୟକାରୀ ଶକ୍ତି କମ୍ ହେବାର ଆଶଙ୍କା ରହିଥାଏ। ଅକ୍ସଫୋର୍ଡ୍ ୟୁନିଭରସିଟିର ରିସର୍ଚ୍ଚକର୍ତ୍ତାଙ୍କ ମତାନୁସାରେ ନିଦ ମସ୍ତିଷ୍କର ଘର ଜଗୁଆଳ ସଦୃଶ ଯାହା ମସ୍ତିଷ୍କର ମରାମତି କାର୍ଯ୍ୟ କତରିଥାଏ। ଏଥିପାଇଁ ରିସର୍ଚ୍ଚକର୍ତ୍ତାମାନେ ମସ୍ତିଷ୍କ ସହ ଅନିଦ୍ରାର କ'ଣ ସମ୍ପର୍କ ରହିଛି ତା'ଉପରେ ରିସର୍ଚ୍ଚ କରିଥିଲେ। ଅଧ୍ୟୟନରୁ ଜଣା ପଡ଼ିଥିଲା ନିଦ ନ ହେବା ଜଟିଳତା ଅଧିକାଂଶ ବୟସ୍କ ବ୍ୟକ୍ତିଙ୍କ ପାଖରେ ଦେଖାଯାଏ। ବୟଷ୍କ ବ୍ୟକ୍ତିଙ୍କ ପାଇଁ ପ୍ରତିଦିନର ଆଠ ଘଣ୍ଟାର ପର୍ଯ୍ୟାପ୍ତ ନିଦ୍ରା ଜରୁରୀ। ଅନିଦ୍ରା ସମସ୍ୟାରେ ପୀଡ଼ିତ ଥିବା ବ୍ୟକ୍ତି ତାଙ୍କର ଖାଦ୍ୟପେୟକୁ ଧ୍ୟାନରେ ରଖିଲେ ଏହି ଅନିଦ୍ରା ସମସ୍ୟାରୁ ନିଜକୁ ବଞ୍ଚାଇପାରିବେ।




# ଭାରତରେ ସ୍ୱାସ୍ଥ୍ୟସେବାର ଅବସ୍ଥା !

ଆମ ଦେଶରେ ଜନ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାର ଅବସ୍ଥା ଅତି ଖରାପ ରହିଛି। ଏପରିକି ଅବସ୍ଥା ଦିନକୁ ଦିନ ଖରାପ ହୋଇ ଚାଲିଛି। ମାତ୍ର ବିଶ୍ୱର କେତେକ ଉନ୍ନତ ଦେଶରେ ଜନସ୍ୱାସ୍ଥ୍ୟ ସେବା ବ୍ୟବସ୍ଥା ବେଶ ଉଚ୍ଚ ମାନର। ଲଣ୍ଡନର ସାର୍ବଜନିକ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଅତି ଉନ୍ନତ। ସେଠାକାର ସରକାରୀ ଡ଼ାକ୍ତରଖାନା ୮୦ ଶତକଡ଼ାରୁ ଅଧିକ ଲୋକଙ୍କୁ ମାଗଣା ସ୍ୱାସ୍ଥ୍ୟସେବା ଯୋଗାଇଥାଏ। ଡ଼ାକ୍ତର, ନର୍ସ ଓ ଅନ୍ୟାନ୍ୟ ପାରାମେଡ଼ିକାଲ୍ କର୍ମଚାରୀଙ୍କ ବେତନ ସରକାର ନିର୍ଦ୍ଧାରଣ କରିଥାନ୍ତି। ଜାପାନରେ ସେଠାକାର ସରକାର ଘରୋଇ ଡ଼ାକ୍ତରଙ୍କ ସେବା ପାଇଁ ଫିସ୍ ନିର୍ଦ୍ଧାରିତ କରିଥାନ୍ତି। ଏହାଦ୍ୱାରା ସେଠାରେ ଡ଼ାକ୍ତର ମାନେ ରୋଗୀଙ୍କ ଠାରୁ ଅଧିକ ଫିସ୍ ନେଇ ପାରନ୍ତି ନାହିଁ। ଆଉ ଏଥିରେ ଖିଲାପ କରୁଥିବା ଡ଼ାକ୍ତରଙ୍କ ଠାରୁ ବହୁ ଅଧିକ ଅର୍ଥ ଆଦାୟ କରାଯାଏ। ଫ୍ରାନ୍ସରେ ସେଠାକାର ସ୍ୱାସ୍ଥ୍ୟବ୍ୟବସ୍ଥା ଟିକେ ଭିନ୍ନ। ସେଠାରେ ପ୍ରତି ଲୋକଙ୍କ ପାଇଁ ସ୍ୱାସ୍ଥ୍ୟ ଇନ୍ସୁରାନ୍ସ କରାଯିବା ଜରୁରୀ। ଏହି ବ୍ୟବସ୍ଥା କୌଣସି ଲାଭ ପାଇଁ ନୁହେଁ ଓ ଏଥିପାଇଁ ସରକାରୀ ଟାକ୍ସରୁ ଫଣ୍ଡ ଦିଆଯାଏ। ଏହି ଇନ୍ସୁରାନ୍ସ ୭୦ରୁ ୮୦ ଶତକଡ଼ା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟ ପାଇଁ ହେଉଥିବା ଖର୍ଚ୍ଚକୁ କଭର କରିଥାଏ। ବାକି ଖର୍ଚ୍ଚ ଭଲୁଂଟାରୀ ଇନ୍ସୁରାନ୍ସ ମାଧ୍ୟମରେ ପୁରା କରା ଯାଇଥାଏ। ଏଥିଯୋଗୁ ଲୋକ ମାନେ ଚିକିତ୍ସା ପାଇଁ ନିଜ ପକେଟରୁ ଖର୍ଚ୍ଚ କରିବାକୁ ପଡ଼େନାହିଁ। ବାସ୍ତବରେ ୯୫ ଭାଗ ଲୋକେ ଭଲୁଂଟାରୀ ଇନ୍ସୁରାନ୍ସ



ମାଧ୍ୟମରେ ସ୍ୱାସ୍ଥ୍ୟ ସୁବିଧା ହାସଲ କରନ୍ତି। ସେଠାରେ ସରକାର ଔଷଧ ଓ ଅନ୍ୟ ମେଡ଼ିକାଲ ଖର୍ଚ୍ଚ ର ମୂଲ୍ୟ ନିର୍ଦ୍ଧାରିତ କରନ୍ତି। ଏଥିପାଇଁ ସରକାର ନିଜ ଜିଡ଼ିପୀ ର୧୧.୮ ପ୍ରତିଶତ ଖର୍ଚ୍ଚ କରିଥାନ୍ତି।

ସେହିପରି ସୁଇଜରଲାଣ୍ଡରେ ଉନ୍ନତ ସ୍ୱାସ୍ଥ୍ୟବ୍ୟବସ୍ଥା ଦେଖିବାକୁ ମିଳେ। ଏପରିକି ଏଠାରେ ଆମେରିକା ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଭଳି ଲାଗେ। ଏଠାରେ ପ୍ରାଇଭେଟ କଂପାନୀ ମାନେ ଇନ୍ସୁରାନ୍ସ ଯୋଗାଇ ଦିଅନ୍ତି, ଯାହାକୁ ନେବା ସମସ୍ତଙ୍କ ପାଇଁ ଅନିର୍ବାର୍ଯ୍ୟ ଅଟେ। ତେବେ ଏହା ଲାଭ ସହ ଆଦୌ ସଂପୃକ୍ତ ନୁହେଁ। କିନ୍ତୁ କେତେକ ଜରୁରୀ ସେବା ଓ ହସ୍ପିଟାଲ ପାଇଁ କଂପାନୀ ମାନେ ଲାଭ ନିଅନ୍ତି। ସେଠାରେ ମିଡ଼ିଲ ଗ୍ରୁପ ପାଇଁ ମଧ୍ୟ ଟ୍ୟାକ୍ସ ବହୁତ କମ୍ ରହିଛି।

ତେବେ ବିଭିନ୍ନ ଦେଶର ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଦେଖାଗଲେ, ବାସ୍ତବରେ ଆଶ୍ଚର୍ଯ୍ୟ ଲାଗିବ। କାରଣ ଭାରତରେ ୧.୩ ବିଲିୟନ ଲୋକଙ୍କ ପାଇଁ ମାତ୍ର ୧୦ ଲକ୍ଷ ପଞ୍ଜିକୃତ ଡ଼ାକ୍ତର ଅଛନ୍ତି। ଆମର ଏଠାରେ ୧୦,୧୮୯ ଲୋକ ସଂଖ୍ୟାରେ ଜଣେ ମାତ୍ର ସରକାରୀ ଏଲୋପାଥିକ ଡ଼ାକ୍ତର ଅଛନ୍ତି, ଆଉ ଯଦିଓ ମେଡ଼ିକାଲ୍ କାଉନସିଲ୍ ଅଫ ଇଣ୍ଡିଆର କଥାକୁ ସତ୍ୟ ଧରାଯାଏ, ତେବେ ଭାରତରେ ଅଧାରୁ ଅଧିକ ଡ଼ାକ୍ତର ପଞ୍ଜିକୃତ ନୁହନ୍ତି ଓ ଏଲୋପାଥିରେ ସେମାନଙ୍କ ପାଖରେ କୌଣସି ଡ଼ିଗ୍ରୀ ନାହିଁ। ଅବଶ୍ୟ ବଡ଼ ସହର ମାନଙ୍କରେ ଅବସ୍ଥା ଭଲ ଅଛି। ପ୍ରାୟତଃ ସହର ଗୁଡ଼ିକରେ ୫୮ ଶତକଡ଼ା ପ୍ରଶିକ୍ଷିତ ଡ଼ାକ୍ତର ଥିବାବେଳେ ଗ୍ରାମାଂଚଳରେ ମାତ୍ର ୧୮ଶତକଡ଼ା ପ୍ରଶିକ୍ଷିତ ଡ଼ାକ୍ତର ପଞ୍ଜିକୃତ ଅଟନ୍ତି। ତେବେ ଭାରତ ସ୍ୱାସ୍ଥ୍ୟସେବା ପାଇଁ ନିଜ ଜିଡ଼ିପିର ୧.୨ ଶତକଡ଼ା ଖର୍ଚ୍ଚ କରୁଛି, ଯାହା, ମ୍ୟାଂମାର, ପାକିସ୍ତାନ ଓ କମ୍ବୋଡ଼ିଆ ଠାରୁ ସାମାନ୍ୟ ଅଧିକ। ଭାରତରେ ସ୍ୱାସ୍ଥ୍ୟସେବାର ଅବସ୍ଥା ଏତେ ଖରାପ ଯେ, ୨୦୪୬ ଲୋକ ସଂଖ୍ୟାରେ ହସ୍ପିଟାଲରେ କେବଳ ଗୋଟିଏ ବେଡ୍ ମିଳିପାରୁଛି। ସେହିପରି ୯୦,୩୪୩ ଲୋକ ସଂଖ୍ୟାରେ ମାତ୍ର ଗୋଟିଏ ହସ୍ପିଟାଲ ଉପଲବ୍ଧ ହୋଇଥାଏ। ଦେଶର ୧୦ ଲକ୍ଷ ଡ଼ାକ୍ତରରେ ମାତ୍ର ୧୦ ଶତକଡ଼ା ସରକାରୀ ସ୍ୱାସ୍ଥ୍ୟସେବାରେ ଅଛନ୍ତି। ଆମ ହସ୍ପିଟାଲ ଗୁଡ଼ିକର ଅବସ୍ଥା କେତେ ଯେ, ଖରାପ, ତାହା ବର୍ଣ୍ଣନା କରିବାର ଆବଶ୍ୟକତା ନାହିଁ। ବାସ୍ତବତା ହେଲା, ଆମ ସରକାରୀ ଡ଼ାକ୍ତରଖାନାରେ ମଜଭୁତ ଭିତିଭୂମି, ଉପଯୁକ୍ତ ପରିଚାଳନା, ଆବଶ୍ୟକ ଦକ୍ଷ କର୍ମଚାରୀ ଓ ସଫା ସୁତୁରାରେ ବହୁ ପଛରେ ରହିଛି।

ଆମ ଦେଶର ଲୋକସଂଖ୍ୟାର ୨୨.୪ ଶତକଡ଼ା ଏବେ ବି ଗରୀବୀ ରେଖା ତଳେ ରହିଛନ୍ତି, ଯେଉଁମାନେ ସ୍ୱାସ୍ଥ୍ୟସେବା ପାଇଁ ସଂପୂର୍ଣ୍ଣ ଭାବେରେ ସରକାରଙ୍କ ଉପରେ ନିର୍ଭରଶୀଳ। ମାତ୍ର



ସେମାନେ ସରକାରୀ ହସ୍ପିଟାଲରେ ଘୋର ଅବ୍ୟବସ୍ଥା ମଧ୍ୟରେ ରହୁଛନ୍ତି। ରୋଗୀ ମାନଙ୍କର ଉପଯୁକ୍ତ ଚିକିତ୍ସା ଓ ସେବା ପାଇଁ କାହାର ଦୃଷ୍ଟି ପଡୁନାହିଁ।

୨୦୧୭-୧୮ରେ ଭାରତ ନିଜ ଜିଡ଼ିପିର ୧.୨୮ ଶତକଡ଼ା ଖର୍ଚ୍ଚ କରିଥିବା ବେଳେ ୨୦୧୬-୧୭ରେ ୧.୦୨ ଶତକଡ଼ା ଥିଲା। ତେବେ ଅନ୍ୟାନ୍ୟ ଦେଶ ତୁଳନାରେ ଆମେ ସ୍ୱାସ୍ଥ୍ୟସେବା ବାବଦରେ ବହୁ କମ୍ ଖର୍ଚ୍ଚ କରୁଛେ। ଆମେରିକା ତା'ର ଜିଡ଼ିପିର ୧୮ଶତକଡ଼ା ଜନସାଧାରଣଙ୍କ ସ୍ୱାସ୍ଥ୍ୟସେବା ପାଇଁ ଖର୍ଚ୍ଚ କରୁଛି, ଯାହା ବାର୍ଷିକ ମୁଣ୍ଡପିଛା ୧୦,୦୦୦ ଡ଼ଲାର ଅଟେ। ଭାରତର ସ୍ୱାସ୍ଥ୍ୟ ବାବଦରେ ଖର୍ଚ୍ଚ ବ୍ରିକ୍ସ ଦେଶ ମାନଙ୍କ ଠାରୁ ମଧ୍ୟ କମ୍ ରହିଛି। ତେବେ ଭାରତର ବର୍ତମାନ ସରକାର ପ୍ରତିଶ୍ରୁତି ଦେଇଛନ୍ତି ଯେ, ଜନସାଧାରଣଙ୍କ ସ୍ୱାସ୍ଥ୍ୟସେବା ପାଇଁ ୨୦୨୫ ମଧ୍ୟରେ ଦେଶର ଜିଡ଼ିପିର ୨.୫ ପ୍ରତିଶତ ଖର୍ଚ୍ଚ କରାଯିବ। ମାତ୍ର ଏହା ମଧ୍ୟ ଅଧିକ କିଛି ନୁହେଁ।

୨୦୧୩-୧୪ ରେ କରାଯାଇଥିବା ସର୍ଭେ(ଏନ୍ ଏସ୍ଏସ୍ଓ) ଅନୁଯାୟୀ ଭାରତରେ ୩୬ ମିଲିୟନ ପରିବାର ସବୁଠୁ ମାରାତ୍ମକ ରୋଗ ପାଇଁ ଖର୍ଚ୍ଚ କରନ୍ତି। ଏମାନଙ୍କ ମଧ୍ୟରେ ୨୫ ମିଲିୟନ ପରିବାର ଗ୍ରାମାଂଚଳର ଏବଂ ୧୧ ମିଲିୟନ ସହରାଂଚଳର। ଆମ ଆଶ୍ଚର୍ଯ୍ୟର କଥା ଯେ, ଆମ ଦେଶର ୩୯ ଶତକଡ଼ା ଗରୀବ ଲୋକଙ୍କୁ କୌଣସି ପ୍ରକାର ଡ଼ାକ୍ତରଖାନାର ସୁବିଧା ମିଳେନାହିଁ। ଏହାର ଅର୍ଥ ଆମ ଦେଶର ଏକ-ତୃତୀୟାଂଶ ଲୋକେ ସରକାରୀ ସ୍ୱାସ୍ଥ୍ୟ ସେବାରୁ ବଂଚିତ ରହୁଛନ୍ତି।

ଅବଶ୍ୟ ଆମ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ମଜଭୁତ କରାଗଲେ, ଏଭଳି ଅବସ୍ଥାକୁ ଏଡ଼ାଇ ଦିଆଯାଇ ପାରିବ। ତେବେ ମଜଭୁତ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ହୋଇପାରୁ ନଥିବାରୁ ଲୋକ ମାନଙ୍କୁ ଘରୋଇ ହସ୍ପିଟାଲର ସାହାରା ନେବାକୁ ପଡୁଛି, ଯାହା ଏତେ ମହଙ୍ଗା ଯେ, ଲୋକେ ସର୍ବସ୍ୱାନ୍ତ ହୋଇ ଯାଉଛନ୍ତି।

ଏହି ସମସ୍ୟାର ସମାଧାନ ପାଇଁ ମୁଖ୍ୟତଃ ସରକାର ଏ ବାବଦରେ ଅଧିକ ବ୍ୟୟବରାଦ କରିବାର ଆବଶ୍ୟକତା ରହିଛି। ସରକାରୀ ସ୍ୱାସ୍ଥ୍ୟ ଭିତିଭୂମିରେ ଏଭଳି ପରିବର୍ତ୍ତନ କରାଯିବା ଉଚିତ, ଯେମିତି ସ୍ୱାସ୍ଥ୍ୟସେବା ଉଚ୍ଚ ଗୁଣମାନର ହୋଇପାରିବ। ଏଥି ସହିତ ସରକାର ଘରୋଇ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଉପରେ ମଧ୍ୟ ଲକ୍ଷ୍ୟ ରଖିବା ଉଚିତ ଓ ମନଇଚ୍ଛା ରୋଗୀ ମାନଙ୍କୁ ଶୋଷଣ କରୁଥିବା ଘରୋଇ ଡ଼ାକ୍ତରଖାନା ଗୁଡ଼ିକ ଉପରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ଉଚିତ। ଏପରିକି କେଉଁ ଚିକିତ୍ସା ପାଇଁ କେତେ ଟଙ୍କା ରୋଗୀଙ୍କୁ ଦେବାକୁ ପଡ଼ିବ, ତାହା ସରକାର ନିର୍ଦ୍ଧାରଣ କରିବା ଉଚିତ। ଅନ୍ୟଥା ସଂପୃକ୍ତ ଘରୋଇ ହସ୍ପିଟାଲ୍ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ଉଚିତ। ମୁଖ୍ୟତଃ ଘରୋଇ ହସ୍ପିଟାଲ୍‌ରେ ଦିଆଯାଉଥିବା ସୁବିଧା ଓ ଚିକିତ୍ସା ପାଇଁ ନିଆଯାଉଥିବା ଫିସ୍ ତୁରନ୍ତ ନିୟନ୍ତ୍ରଣ ହେବା ଉଚିତ। କୁହାଯାଏ, ସ୍ୱାସ୍ଥ୍ୟ ହିଁ ସମ୍ପଦ। କୌଣସି ଦେଶ ସେ ପର୍ଯ୍ୟନ୍ତ ସମୃଦ୍ଧ ଓ ସୁଖି ହେବନାହିଁ, ଯେପର୍ଯ୍ୟନ୍ତ ନାଗରିକ ମାନଙ୍କୁ ଉପଯୁକ୍ତ ସ୍ୱାସ୍ଥ୍ୟସେବା ନମିଳିବ।

# ସତ୍‌ସଙ୍ଗର ଆହ୍ୱାନ: ଯଜନ, ଯାଜନ ଓ ଇଷ୍ଟଭୃତି



ଯୁଗପୁରୁଷୋତ୍ତମ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳ ଚନ୍ଦ୍ରଙ୍କର ସ୍ୱହସ୍ତ ଲିଖିତ ପବିତ୍ର ଗ୍ରନ୍ଥ ସତ୍ୟାନୁସରଣର ଅମୋଘ ବାଣୀ - ସଦ୍‌ଗୁରୁଙ୍କର ଆଦେଶ ପାଳନ ପରି ଆଉ ମନ୍ତ୍ର କ'ଣ ଅଛି ? ଚାଲ ଆଗେଇ ଯାଅ, ରାସ୍ତା ଭାବି କ୍ଲାନ୍ତ ହୋଇପଡ଼ ନାହିଁ। ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ - ସଦ୍‌ଗୁରୁଙ୍କର ଶରଣାପନ୍ନ ହୁଅ, ସତ୍‌ନାମ ମନନ କର ଓ ସତ୍‌ସଙ୍ଗର ଆଶ୍ରୟ ଗ୍ରହଣ କର, ମୁଁ ନିଶ୍ଚୟ କରି କହୁଛି ତୁମକୁ ଆଉ ତୁମର ଉନ୍ନୟନ ପାଇଁ ଭାବିବାକୁ ହେବନାହିଁ। ସଦ୍‌ଗୁରୁଙ୍କୁ ଧରିବାକୁ ହୁଏ, ସତ୍ କାମ କରିବାକୁ ହୁଏ। ଶରୀର ପାଇଁ ଖାଦ୍ୟ ନିହାତି ଦରକାର, ସବୁଦିନ ଯଦି ଖାଦ୍ୟ ନଖାଇବୁ ତେବେ ଶକ୍ତ ଶରୀର ମଧ ଭାଙ୍ଗି ପଡ଼ିବ। ତେଣୁ ଶରୀର ପରି ମନପ୍ରାଣ - ସୁରତ ବା ଆତ୍ମାକୁ ମଧ ତାର ଉପଯୁକ୍ତ ଖୋରାକ ନିତ୍ୟ ଦେବା ଦରକାର। ନ ହେଲେ ତାହା କ୍ଷୀଣ ବା ଦୁର୍ବଳ ହୋଇପଡ଼ିବ, ଶାନ୍ତି ଓ ସ୍ୱସ୍ତି ବ୍ୟାହତ ହେବ। ଯଜନ, ଯାଜନ ଓ ଇଷ୍ଟଭୃତି ହିଁ ହେଲା ମନପ୍ରାଣ - ସୁରତର ପ୍ରଧାନ ଖୋରାକ। ନାମଧ୍ୟାନ ପ୍ରତିଦିନ ନିୟମିତ ଭାବେ କରିବାକୁ ହୁଏ, ଗୁରୁଙ୍କର କଥା ସଦା ସର୍ବଦା କହିବାକୁ ହୁଏ। ପିତାମାତାଙ୍କୁ ଯେପରି ଆମେ ପ୍ରତିଦିନ ଖାଇବାକୁ ଦେଇଥାଉ, ଗୁରୁଙ୍କୁ ମଧ ସେହିପରି ରୋଜ ଖାଇବାକୁ ଦେବାକୁ ହୁଏ। ତାଙ୍କୁ ଦେବାପରେ ନିଜେ ଖାଇବାକୁ ହୁଏ। ଗୁରୁ ଆଧାତ୍ମିକ ଓ ସର୍ବତୋ-ଭାବେ ଆମ୍ଭମାନଙ୍କର ପିତା ଅର୍ଥାତ୍ ପାଳନକର୍ତ୍ତା ଓ ରକ୍ଷାକର୍ତ୍ତା। ଗୁରୁମୟ ହେଲେ ହିଁ ଜୀବନ ଗୌରବମୟ ହୁଏ। ଜୀବନର ନୀତିବିଧି ଯଦି ମାନି ଚାଲୁ ଆମ୍ଭମାନଙ୍କୁ ଆଉ ଠକାଇବ କିଏ ? ଆମେ ସେତେବେଳେ କ୍ରମୋନ୍ନତି ଓ ଶାନ୍ତିର ପଥରେ ନିଶ୍ଚୟ ଚାଲିବା। ସଦ୍‌ଗୁରୁଙ୍କୁ ଚିହ୍ନିବାର ପ୍ରଥମ ଲକ୍ଷଣ ହେଲା ଯେ - ସଦ୍‌ଗୁରୁ ତାଙ୍କର ଗୁରୁଙ୍କ ଠାରେ ସର୍ବତୋ ଭାବରେ ସଂନ୍ୟସ୍ତ ହେବେ। ତାଙ୍କର କହିବା, କରିବା ଓ ଭାବିବା ମଧରେ କିଛି ଫରକ୍ ରହେନାହିଁ। ପୂର୍ବତନଙ୍କ ପ୍ରତି ତାଙ୍କର ପ୍ରଣତି ରହିବ ହିଁ ରହିବ। ସେ ପ୍ରତ୍ୟେକଙ୍କର ବୈଶିଷ୍ଟ୍ୟ ରକ୍ଷା କରି ଚଳନ୍ତି। ସେ ଅଲୌକିକତାର ଆଶ୍ରୟ ଗ୍ରହଣ ନକରି ମନୁଷ୍ୟକୁ ସହଜ ପଥରେ ଏପରି ଭାବରେ ପରିଚାଳନା କରନ୍ତି ଯାହାଦ୍ୱାରା ସେମାନଙ୍କର ଚାରିତ୍ରିକ ବିକାଶ ଘଟେ। ମନୁଷ୍ୟକୁ ପ୍ରକୃତ ମନୁଷ୍ୟତ୍ୱର ଅଧିକାରୀ କରି ତୋଳିବା ଦିଗରେ ହିଁ ଝୁଙ୍କ ରହିବ ସବୁଠାରୁ ବେଶୀ। ଏହା ହେଉଛି ସଦ୍‌ଗୁରୁଙ୍କର ମୌଳିକ ଓ ସାର୍ବଜନୀନ ଚାରିତ୍ରିକ ଲକ୍ଷଣ। ସଦ୍‌ଗୁରୁଙ୍କର ଅହଂ ଅତ୍ୟନ୍ତ ପତଳା, ସମସ୍ତଙ୍କୁ ସହନ ଓ ବହନ କରିବାର ଶକ୍ତି ଅପରିସୀମ। ନିଜର ଗୁଣଗାନ କରିବାର ଅଭ୍ୟାସ ତାଙ୍କର କେବେ ନଥାଏ। ଅନ୍ୟକୁ ବଡ଼ କରିବା, ହିଁ ତାଙ୍କର ସୁଖ, ଆତ୍ମ-ପ୍ରତିଷ୍ଠାର ଇଚ୍ଛା ତାଙ୍କ ପାଖରେ କେବେ ନଥାଏ ବରଂ ଆଦର୍ଶ ପ୍ରତିଷ୍ଠା ହିଁ ତାଙ୍କର ଏକମାତ୍ର ଧନ୍ଦା। ତାଙ୍କ ଚରିତ୍ର ଅସ୍ୱାଭାବିକ ଭାବେ ସ୍ୱାଭାବିକ, ସେ ଯେପରି ପ୍ରକୃତିର ଶିଶୁ। ତାଙ୍କର ମଧୁର ବ୍ୟକ୍ତିତ୍ୱ ମଣିଷକୁ ସ୍ୱତଃ ହିଁ ମୋହିତ କରେ। ଗୁରୁକରଣ କରିବାକୁ ହେଲେ ଦେଖିବାକୁ ହୁଏ ଯେ ଗୁରୁ ନିଜେ ଆତ୍ମ ନିବେଦିତ କି ନୁହେଁ, ସେ ପ୍ରବୃତ୍ତି ଅଭିଭୂତିର ଊର୍ଦ୍ଧ୍ୱ ରାଜ୍ୟର ମନୁଷ୍ୟ। ଗୁରୁ ଗ୍ରହଣମାନେ ଆଚାର୍ଯ୍ୟ ବା ଇଷ୍ଟ ଗ୍ରହଣ। ଏହି ଆଚାର୍ଯ୍ୟ ହେଲେ ଜୀବନ୍ତ ଦିଶାରୀ। ସେ ହେଉଛନ୍ତି ମୂର୍ତ୍ତ ନିଷ୍ଠା। ଗୁରୁଙ୍କ ଉପରେ ଯଦି ନିଷ୍ଠା ଓ ଆନୁଗତ୍ୟ ନଥାଏ ତାହାଲେ ମନୁଷ୍ୟ କେବଳ ନିଜସ୍ୱ ବୁଦ୍ଧି ଓ ଜ୍ଞାନଦ୍ୱାରା ଜୀବନରେ ସର୍ବତୋମୁଖୀ ସାଫଲ୍ୟରେ ପହଞ୍ଚି ପାରିବନାହିଁ। ଦୀକ୍ଷାମାନେ ଦକ୍ଷତାର ଅନୁଶୀଳନ, ଯାହା କରୁ କରୁ ସର୍ବତୋମୁଖୀ ଦକ୍ଷତା ସ୍ୱତଃ ହିଁ ବଢ଼ି ଉଠେ। ଅନେକେ ଦୀକ୍ଷା ନେବାକୁ ଚାହାଁନ୍ତି ନାହିଁ। ଶ୍ରୀ ଶ୍ରୀ ଠାକୁର କହିଲେ - ତାହାମାନେ ସେ ଜୀବନ ହିଁ ଚାହେଁନା। ମଣିଷ ଜୀବନର ଅସଲ ସମ୍ପଦ ହେଲା ସଦ୍‌ଗୁରୁଙ୍କ ପାଖରୁ ଦୀକ୍ଷା ନେଇ ତାଙ୍କ ପ୍ରତି ଅଚ୍ୟୁତ୍ ଓ ଅନୁରାଗ ସମ୍ପନ୍ନ ହୋଇ ଚଳିବା। ସତ୍ ଦୀକ୍ଷା ନେବା ପାଇଁ ମନୁଷ୍ୟର ଆପତ୍ତି ଥାଏ ଅର୍ଥ - ଆମେ ପ୍ରବୃତ୍ତିର ଅନୁଚର ହୋଇଛୁ। ଅମୃତ ଅରୁଚି ହୁଏ ସେତେବେଳେ, ଯେତେବେଳେ ଆମେ ମୃତ୍ୟୁକୁ ଭଲ ପାଉ। ତେଣୁ ଦୀକ୍ଷା ଗ୍ରହଣର ପ୍ରୟୋଜନ ଜୀବନର ଅତ୍ୟନ୍ତ ଅକାଟ୍ୟ। ପ୍ରାଣଶକ୍ତିର ଏକ ଅଖଣ୍ଡତା ଅଛି, ପ୍ରାଣଶକ୍ତିର ଏହି ଅଖଣ୍ଡତା ବାଦ ଦେଇ ଜୀବନ ଯେପରି ଜୀବନ୍ତ ରହେନାହିଁ ସେହିପରି ଏକ କେନ୍ଦ୍ରିକତା ବାଦ୍ ଦେଇ ସଂଗତିପୂର୍ଣ୍ଣ-ଜୀବନ୍ତ-ଜୀବନଦର୍ଶନ ଗଢ଼ି ଉଠେନାହିଁ। ଯାହାଙ୍କୁ କେନ୍ଦ୍ର କରି ଚାଲିବାକୁ ହୁଏ, ସେ ମନୁଷ୍ୟ ଜଣେ ସମାଧାନ ପ୍ରାପ୍ତ ଓ ସଙ୍ଗତ ମନୁଷ୍ୟ ହେବା ଏକାନ୍ତ ଆବଶ୍ୟକ। ତାହାଙ୍କୁ ଆମ୍ଭେମାନେ ଇଷ୍ଟ କହୁ। ଇଷ୍ଟ ନିଷ୍ଠା ହିଁ ତୁମର ମୁକ୍ତି, ଇଷ୍ଟ ନିଷ୍ଠା ହିଁ ପରାଗତି, ଇଷ୍ଟ ନିଷ୍ଠା ହିଁ ବ୍ରାହ୍ମୀ ପଥ, ନିଷ୍ଠା ହିଁ ତୁମର ଜୀବନ ଗତି।

## —ପଦ୍ମ ଘୁଞ୍ଚି ଘୁଞ୍ଚି ଯାଉଛି—

# ଶିଶୁ ଓ ମାତୃ ଚିକିତ୍ସା ୟୁନିଟ୍‌ର କାର୍ଯ୍ୟ ଶେଷ ହେଉନାହିଁ





କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାରେ ନବଜାତ ଶିଶୁ ଓ ପ୍ରସୂତିମାନଙ୍କୁ ଉନ୍ନତମାନର ଚିକିତ୍ସା ଯୋଗାଇ ଦେବା ପାଇଁ ଯେଉଁ ଚିକିତ୍ସା ୟୁନିଟ୍ ଶ୍ୟାମଗୁଡିଆରେ ନିର୍ମାଣ ଚାଲିଛି ତାହା ଶେଷ ହେଉନି। ଏହା ପଦ୍ମ ଦିନକୁ ଦିନ ଘୁଞ୍ଚି ଘୁଞ୍ଚି ଯିବା ଭଳି ସମୟ ବଢାଇ ଚାଲିଛି। ୧୧୦ କୋଟି ଟଙ୍କା ବ୍ୟୟ ଅଟ୍ଟକଳରେ ଏହାର ନିର୍ମାଣ କାର୍ଯ୍ୟ ୨୦୧୮ ମସିହାରେ ଆରମ୍ଭ ହୋଇଥିଲା। ୨ ବର୍ଷ ମଧ୍ୟରେ ଶେଷ କରିବା ପାଇଁ ଅବଧି ରହିଥିଲା। ଅର୍ଥାତ ୨୦୨୦ସୁଦ୍ଧା ଶେଷ ହେବ ବୋଲି ଦିନ ଧାର୍ଯ୍ୟ କରାଯାଇଥିଲା। କିନ୍ତୁ ତାହା ଆଜି ପର୍ଯ୍ୟନ୍ତ ଶେଷ ହୋଇ ପାରିଲା ନାହିଁ। ୨୦୨୨ ମସିହା ମଇମାସ ଶେଷ ହୋଇ ଜୁନ୍ ମାସ ଚାଲିଛି। କିନ୍ତୁ କାମ ସରୁନାହିଁ। ଅଟାଳିକାରେ ଅଗ୍ନି ନିର୍ବାପକ ବ୍ୟବସ୍ଥା ମଧ ହୋଇ ନାହିଁ। ଠିକ ସେହିପରି ଅନେକ ସ୍ଥାନରେ ଟାଇଲ ପଡିନାହିଁ। ଏପରିକି ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ବୈଦୁତିକ ବ୍ୟବସ୍ଥା ସଠିକ ଭାବେ ହୋଇ ନାହିଁ। ପ୍ରବେଶ ପଥକୁ ପଲସ୍ତରା ମଧ କରାଯାଇ ନାହିଁ। କିନ୍ତୁ ତରବରିଆ ଭାବେ ୨୦୨୧ ଡିସେମ୍ବର ୧୫ ତାରିଖରେ ଏହାକୁ ଉଦ୍‌ଘାଟନ କରି ଦିଆଗଲା। କିନ୍ତୁ ଏବେ ଯେତିକି କାମ ବାକି ରହିଛି ତାହା ଆହୁରି ୬ ମାସରୁ ଅଧିକ ସମୟ ଲାଗିବ। ଠିକ ସେହିପରି ଏହା ମଧ୍ୟରେ ଡାକ୍ତରଖାନା ଉପକରଣ ରହିବା ପାଇଁ ସେପରି କୌଣସି ବ୍ୟବସ୍ଥା ହୋଇ ନାହିଁ। ତେଣୁ ଏଥିପାଇଁ ଆହୁରି କେତେ ମାସ ଲାଗିବ ତାହା କେବଳ ସମୟ ହିଁ କହିବ ବୋଲି କେନ୍ଦ୍ରାପଡ଼ାର ବୁଦ୍ଧିଜୀବୀମାନେ ଚିନ୍ତା ବ୍ୟକ୍ତ କରିଛନ୍ତି। କେବଳ ସେତିକି ନୁହେଁ ଏଠାରେ କାର୍ଯ୍ୟ କରୁଥିବା ଶ୍ରମିକଙ୍କ ସୁରକ୍ଷାକୁ ଠିକା ସଂସ୍ଥା ଠିକ ଭାବେ ତଦାରଖ କରୁ ନ ଥିବାରୁ ଜଣେ ଶ୍ରମିକଙ୍କର ମୃତ୍ୟୁ ହୋଇଯାଇଛି। ଅଟାଳିକାର ପଲସ୍ତରା କରୁଥିବା ବେଳେ ୫ ମହଲା ଉପରୁ ଖସି ପଡି ଜଣେ ଶ୍ରମିକଙ୍କ ମୃତ୍ୟୁ ହୋଇଯାଇଛି। ଶ୍ରମିକଙ୍କ ପରିବାରକୁ ସେପରି କିଛି ଆଖି ଦୃଶିଆ କ୍ଷତିପୂରଣ ପ୍ରଦାନ କରାଯାଇ ନାହିଁ। ଏହି ଅଟାଳିକାରେ ଯେଉଁ ସବୁ କାର୍ଯ୍ୟ ଚାଲିଛି ତାହା ଅତ୍ୟନ୍ତ ନିମ୍ନମାନର ବୋଲି ଆଇନ୍‌ଜୀବୀ ବିଧୁଭୂଷଣ ମହାପାତ୍ର ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି। ଶ୍ରୀ ମହାପାତ୍ର ତାଙ୍କ ଅଭିଯୋଗରେ ଦର୍ଶାଇଛନ୍ତି ଯେ ଏହି ଅଟାଳିକା ନିର୍ମାଣରେ ନିମ୍ନମାନର ଇଟା, ସିମେଣ୍ଟ, ରଡ, ଗୋଡି ପ୍ରଭୃତି ବ୍ୟବହାର କରାଯାଉଛି। ଠିକ ସେହିପରି ପାଣି ପାଇପ ସାମଗ୍ରୀ, ୱ୍ୟାରିଂରେ ବ୍ୟବହୃତ ସାମଗ୍ରୀ ଓ ଅନ୍ୟାନ୍ୟ ସାମଗ୍ରୀ ମଧ ନିମ୍ନମାନର ଲଗା ଯାଇଛି। ତେଣୁ ଏହି ଅଟାଳିକାର ସ୍ଥାୟିତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହାର ଉଚ୍ଚ ସ୍ତରୀୟ ତଦନ୍ତ କରିବା ପାଇଁ ଆଇନ୍‌ଜୀବୀ ଶ୍ରୀ ମହାପାତ୍ର ଦାବି କରିଛନ୍ତି। ସୂଚନାଯୋଗ୍ୟ ଯେ ଠିକା ସଂସ୍ଥା କାର୍ଯ୍ୟକୁ କଚ୍ଛପ ଗତିରେ କରୁଥିବା ହୃଦୟଙ୍ଗମ କରି ୫-ଟି ସଚିବ ଭି.କେ. ପାଣ୍ଡିଆନ୍ ଏହାର ତଦାରଖ କରିବା ପାଇଁ କେନ୍ଦ୍ରାପଡ଼ା ଗସ୍ତରେ ଆସିଥିଲେ। ୬ ମାସ ମଧ୍ୟରେ କାମ ଶେଷ କରିବା ପାଇଁ ଠିକା ସଂସ୍ଥାକୁ ତାଗିଦ କରିଥିଲେ। କିନ୍ତୁ ଠିକା ସଂସ୍ଥା ଏହି ନିର୍ଦ୍ଦେଶକୁ ପାଣିର ଗାର ଭଳି ମନେକଲା। ଫଳରେ ପୂର୍ବବତ କଚ୍ଛପ ଗତିରେ କାର୍ଯ୍ୟ ଚଳାଇ ରଖିଲା। ଏହାପରେ ୫ଟି ସଚିବଙ୍କ ନିର୍ଦ୍ଦେଶକ୍ରମେ ପୂର୍ତ୍ତ ବିଭାଗ ସଚିବ କ୍ରିସନ କୁମାର କେନ୍ଦ୍ରାପଡ଼ା ଗସ୍ତରେ ଆସିଲେ। ସେ ମଧ ହୃଦୟଙ୍ଗମ କଲେ ଯେ କାମ ଅତ୍ୟନ୍ତ ନିମ୍ନମାନର ହେଉଛି। ଏହାସହ କଚ୍ଛପ ଗତିରେ କାମ ହେଉଛି। ତେଣୁ ସେ ଠିକା ସଂସ୍ଥାକୁ ଧମକ ଦେଇ ଯାଇଥିଲେ ଯେ କାର୍ଯ୍ୟ ଠିକ ସମୟରେ ଶେଷ ନ କଲେ ଠିକା ସଂସ୍ଥାକୁ କଳା ତାଲିକାଭୁକ୍ତ କରାଯିବ। ପୂର୍ତ୍ତ ସଚିବଙ୍କ ଏହି ତାଗିଦକୁ ମଧ ଠିକା ସଂସ୍ଥା ଖାତିର କରି ନ ଥିଲା। ତେଣୁ ଅଦ୍ୟାବଧି କାମ ଚାଲୁଛି କିନ୍ତୁ ସରିବାର ନାଁ ଧରୁନାହିଁ। ଘଟଣାସ୍ଥଳକୁ ଯାଇ ତଦନ୍ତ କରିବାରୁ ଜଣାପଡିଛି ଯେ ଠିକା ସଂସ୍ଥାର କୌଣସି ଅଧିକାରୀ ଏଠାରେ ରହୁ ନାହାଁନ୍ତି। ସଂସ୍ଥା ବିଭିନ୍ନ କାମ ପାଇଁ ଭିନ୍ନ ଭିନ୍ନ ଲୋକଙ୍କୁ ସବ୍ ଲିଜ ଦେଇ ଦେଇଛି। ତେଣୁ ସେମାନେ ମନମୁଖୀ ଭାବେ କାର୍ଯ୍ୟ କରୁଛନ୍ତି। ଏତେବଡ଼ ଅଟାଳିକା ପରିସରରେ ମାତ୍ର ଦୁଇ ଜଣ ସୁରକ୍ଷା କର୍ମୀ ଜଗି ରହିଛନ୍ତି। କିନ୍ତୁ ଠିକା ସଂସ୍ଥାର କେହି କର୍ମଚାରୀ ଏଠାରେ ରହୁ ନ ଥିବା ସରଜମିନ ତଦନ୍ତ ବେଳେ ଜଣାପଡିଛି। ଯାହା ଫଳରେ କାର୍ଯ୍ୟ ଶେଷ ହୋଇ ପାରୁନାହିଁ ବୋଲି ଜଣାପଡିଛି।

# ଏଚପିସିଏଲ ପକ୍ଷରୁ ଫକୀରମୋହନ ମେଡିକାଲ କଲେଜକୁ ସିଏଲଆଇଏ ଓ ଏ-ସ୍କାନ ମେସିନ ପ୍ରଦାନ



ବାଲେଶ୍ୱର (ପିଏନ୍)-ରାଷ୍ଟ୍ରାୟତ ତୈଳ ଉଦ୍ୟୋଗ ହିନ୍ଦୁସ୍ତାନ ପେଟ୍ରୋଲିୟମ କର୍ପୋରେସନ ଲିମିଟେଡ (ଏଚପିସିଏଲ) ପକ୍ଷରୁ ବାଲେଶ୍ୱର ଫକୀର ମୋହନ ମେଡିକାଲ କଲେଜ ଓ ହସପିଟାଲକୁ ରକ୍ତ ପରୀକ୍ଷା ପାଇଁ ଏକ ସିଏଲଆଇଏ ମେସିନ୍ ଓ ଚକ୍ଷୁ ପରୀକ୍ଷା ପାଇଁ ଏ-ସ୍କାନ ମେସିନ ପ୍ରଦାନ କରାଯାଇଛି । ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ସର୍ଜରୀ ବିଭାଗରେ ସ୍ଥାପିତ ଏହି ମେସିନ୍‌କୁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ଉଦ୍‌ଘାଟନ କରିଥିଲେ । ଏହା ପରେ ପରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମ୍ମିଳନୀ କକ୍ଷରେ ଆୟୋଜିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଶ୍ରୀ କେ ସୁଦର୍ଶନ ଚକ୍ରବର୍ତୀ ଯୋଗ ଦେଇ ଏହି ମେସିନ୍ ଦ୍ୱାରା ବାଲେଶ୍ୱର ଜିଲ୍ଲା ସମେତ ଆଖପାଖ ଜିଲ୍ଲା ଓ ପଡୋଶୀ ରାଜ୍ୟର ରୋଗୀମାନେ ଉପକୃତ ହେବେ ବୋଲି ମତବ୍ୟକ୍ତ କରିଥିଲେ । ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ଦୁଲାଲସେନ ଜଗଦ୍ଦେବ, ମେଡିକାଲ କଲେଜ ସୁପରିଟେଣ୍ଡେଂଟ ଡା. ସୁଜାତା ମିଶ୍ର, ଏଚପିସିଏଲ ଡିଜିଏମ ଶ୍ରୀ ପ୍ରବୀର କୁମାର ରାୟ, ବାଲେଶ୍ୱର ମୁଖ୍ୟ ଡିପୋ ମ୍ୟାନେଜର ଶ୍ରୀ ଗୁରୁବଚନ ସିଂହ, ଏଚପିସିଏଲ ବାଲେଶ୍ୱର ଶାଖା ମ୍ୟାନେଜର ଶ୍ରୀ ମୁକେଶ କୁମାର ଏବଂ ୟୁକୋ ବ୍ୟାଙ୍କ କ୍ଷେତ୍ରୀୟ ମୁଖ୍ୟ ଶ୍ରୀ ଦେବବ୍ରତ ମହାନ୍ତି ପ୍ରମୁଖ ଯୋଗଦେଇ ସିଏଲଆଇଏ ଓ ଏ-ସ୍କାନ ମେସିନର ଆବଶ୍ୟକତା ଓ ଉପାଦେୟତା ସମ୍ପର୍କରେ ସୂଚନା ଦେଇଥିଲେ । ବାଲେଶ୍ୱର ମେଡିକାଲ କଲେଜରେଏହି ଭଳି ମେସିନର ଆବଶ୍ୟକତାକୁ ହୃଦୟଙ୍ଗମ କରି ସହଯୋଗର ହାତ ବଢାଇଥିବାରୁ ଏଚପିସିଏଲ କର୍ତୃପକ୍ଷଙ୍କୁ ଜିଲ୍ଲାପାଳ ଓ ଉପସ୍ଥିତ ଅଧିକାରୀମାନେ ସାଧୁବାଦ ଜଣାଇବା ସହ ଏହିଭଳି ସହଯୋଗ ଆଗକୁ ଜାରି ରଖିବାକୁ ପରାମର୍ଶ ଦେଇଥିଲେ । ସମ୍ପୂର୍ଣ୍ଣ ସ୍ୱୟଂଚାଳିତ ସିଏଲଆଇଏ ମେସିନ ସାହାଯ୍ୟରେ ଏକ ସଙ୍ଗେ ବିଭିନ୍ନ ବର୍ଗର ରକ୍ତ ଓ ଶରୀରରେ ହରମୋନର ମାତ୍ରା ପରୀକ୍ଷା ସ୍ୱଳ୍ପ ସମୟ ମଧ୍ୟରେ କରାଯାଇପାରିବ ବୋଲି ଅଧିକ୍ଷକ ଡାକ୍ତର ମିଶ୍ର ସମସ୍ତଙ୍କୁ ଅବଗତ କରାଇଥିଲେ । ବିଶେଷ କରି ରୋଗର ନିଦାନ ପାଇଁ ସ୍ୱଳ୍ପ ସମୟ ମ୍ଧରେ ଟେଷ୍ଟ ରେଜଲ୍ଟ, ସଠିକ ନିରୂପଣ, ଘଂଟା ପ୍ରତି ୧୮୦ଟି ସ୍ୟାମ୍ପଲ ଟେଷ୍ଟ ପ୍ରଭୃତି ବୈଶିଷ୍ଟ୍ୟତା କାରଣରୁ ସିଏଲଆଇଏ ମେସିନ ବ୍ୟସ୍ତବହୁଳ ବାଲେଶ୍ୱର ମେଡିକାଲ କଲେଜ ହସପିଟାଲ ପାଇଁ ଏକାନ୍ତ ଅପରିହାର୍ଯ୍ୟ ହୋଇପଡିଥିଲା ବୋଲି ଡାକ୍ତର ମିଶ୍ର କହିଥିଲେ । ସେହିପରି ଚକ୍ଷୁ ପରୀକ୍ଷା ଓ ମୋତିଆବିନ୍ଦୁର ସଠିକ ନିଦାନ ପାଇଁ ଅଲଟ୍ରାସାଉଣ୍ଡ ଯୁକ୍ତ ଏ-ସ୍କାନ ମେସିନ ମଧ୍ୟ ବେଶ ଉପାଦେୟ ସାବ୍ୟସ୍ତ ହେବ ବୋଲି ସେ ପ୍ରକାଶ କରିଥିଲେ । ଏହି ଅବସରରେ ଏଚପିସିଏଲ କର୍ତୃପକ୍ଷ ମେସିନ ଦୁଇଟିକୁ ଜିଲ୍ଲାପାଳ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ହସ୍ତାନ୍ତର କରିଥିଲେ । ଏଚପିସିଏଲ କମ୍ପାନୀର ସାମାଜିକ ଦାୟିତ୍ୱବୋଧ କାର୍ଯ୍ୟକ୍ରମର ଅଂଶବିଶେଷ ଭାବେ ଏହି ଦୁଇଟି ମେସିନ ପ୍ରଦାନ କରାଯାଇଥିବା ବେଳେ ଆଗାମୀ ଦିନରେ ମଧ୍ୟ ବିଭିନ୍ନ ଜନକଲ୍ୟାଣକାରୀ କାର୍ଯ୍ୟକ୍ରମ ହାତକୁ ନିଆଯିବ ବୋଲି କମ୍ପାନୀ କର୍ତୃପକ୍ଷ ପ୍ରତିଶ୍ରୁତି ଦେଇଥିଲେ । ଏଚପିସିଏଲ ରିଟେଲର ଶ୍ରୀ ଜଗନ୍ନାଥ ସର୍ଭିସ ସେଂଟରର ପରିଚାଳନା ନିର୍ଦ୍ଦେଶକ ଲକ୍ଷ୍ମୀନାରାୟଣ ମହାନ୍ତି କମ୍ପାନୀର ସାମାଜିକ ଦାୟିତ୍ୱବୋଧ କାର୍ଯ୍ୟକ୍ରମ ଓ ଜିଲ୍ଲା ପ୍ରଶାସନର ସହଯୋଗକୁ ପ୍ରଶଂସା କରିଥିବା ବେଳେ ଡିପିଏମ ଶ୍ରୀ ଅନୀଲ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ ।

# ଦଳିତ ପରିବାରକୁ ନିର୍ଯାତନା ଘଟଣାରେ ପୋଲିସର ନିଷ୍କ୍ରିୟତା ଅଭିଯୋଗ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାର ମାର୍ଶାଘାଇ ଥାନା ଅନ୍ତର୍ଗତ ତିଖିରୀ ଗ୍ରାମରେ ଖାପ୍ ପଂଚାୟତ କରାଯାଇ ଏକ ଦଳିତ ପରିବାରକୁ ନିର୍ଯାତନା ଘଟଣାରେ ପୋଲିସର ନିଷ୍କ୍ରିୟତା ନେଇ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ ତିଖିରୀ ଗ୍ରାମର ରେଖା ମଳିକକୁ ନିର୍ଯାତନା ଦିଆଯିବା ସହ ତାଙ୍କ ସ୍ୱାମୀ ଗୁରୁଚରଣ ମଳିକଙ୍କୁ ରାସ୍ତା ମଝିରେ ଛେପ ପକାଇ ନାକ ଘସିବାକୁ ବାଧ କରାଯାଇଥିଲା। ଏହି ଘଟଣାକୁ ନେଇ ମାର୍ଶାଘାଇ ଥାନାରେ ଗତ ଅପ୍ରେଲ ମାସ ୧୮ ତାରିଖରେ ଅଭିଯୋଗ ପରେ ପୋଲିସ ୧୧୬/୨୨ରେ ଅଭିଯୁକ୍ତ ତିଖିରୀ ପଞ୍ଚାୟତର ସରପଞ୍ଚଙ୍କ ସମେତ ୪ଜଣଙ୍କ ନାମରେ ନାମକୁ ମାତ୍ର ଏକ ମାମଲା ରୁଜୁକରି ଚୁପ ହୋଇ ବସି ଯାଇଥିବା ଅଭିଯୋଗ ହୋଇଛି । ଫଳରେ ଅଭିଯୁକ୍ତମାନେ ପିଡିତ ପରିବାରକୁ ଧମକଚମକ ଦେଉଥିବାରୁ ଏଥିନେଇ ଅନୁସୁଚିତ ଜାତି ଜନଜାତି ଓ ସଂଖ୍ୟାଲଘୁ ମିଳିତ କ୍ରିୟାନୁଷ୍ଠାନ କମିଟିର ରାଜ୍ୟ ସଂଯୋଜକ ଅଭିରାମ ମଳିକ, ସଂଗ୍ରାମ ମଳିକ ଓ ବିଭ୍ରାନ୍ତ ବିଶ୍ୱଜିତ ପ୍ରଭୃତିଙ୍କ ନେତୃତ୍ୱରେ ଏକ ସାମ୍ବାଦିକ ସମ୍ମିଳନୀ ସ୍ଥାନୀୟ ପବ୍ଲିକ ରିଡିଂରୁମ ପରିସରରେ ଅନୁଷ୍ଠିତ ହୋଇ ସଂପୃକ୍ତ ମାମଲାର ଅଭିଯୁକ୍ତମାନଙ୍କୁ ତୁରନ୍ତ ଗିରଫ କରାଯିବାକୁ ଦାବି କରାଯାଇଛି । କମିଟିର ସଦସ୍ୟମାନେ ଆରକ୍ଷୀ ଅଧିକ୍ଷକ ସନ୍ଦିପ ସମ୍ପଦ ମଡ଼କର ଓ ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ ପ୍ରମୁଖଙ୍କୁ ଭେଟି ପିଡିତ ପରିବାରକୁ ସୁରକ୍ଷା ଓ ଅଭିଯୁକ୍ତମାନଙ୍କୁ ତୁରନ୍ତ ଗିରଫ କରିବାକୁ ଦାବି କରିଛନ୍ତି । ଅନ୍ୟଥା ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରାଯିବ ବୋଲି ଚେତାବନୀ ଦେଇଛନ୍ତି ।

## ଓକିଲ ସଂଘ କାର୍ଯ୍ୟାଳୟରୁ ଟିଭି ଓ ପାଣି ପମ୍ପ ଚୋରି ଅଭିଯୋଗ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ପୁରୁଣା ଅଦାଲତ ପରିସରରେ ଥିବା ଜିଲ୍ଲା ଓକିଲ ସଂଘ କାର୍ଯ୍ୟାଳୟରେ ଲାଗିଥିବା ଟିଭି ଓ ପାଣି ପମ୍ପକୁ କେହି ଦୁର୍ବୃତ୍ତ ଚୋରି କରି ନେଇଥିବା ସଂପର୍କରେ ସଂଘର ସମ୍ପାଦକ ଜୀତେନ୍ଦ୍ର ରାଉତ ଟାଉନ ଥାନାରେ ଅଭିଯୋଗ କରିଛନ୍ତି । ଅଭିଯୋଗ ଅନୁଯାୟୀ ସୋମବାର ବିଳମ୍ବିତ ରାତିରେ କୌଣସି ଦୁର୍ବୃତ୍ତ ଜିଲ୍ଲା ଓକିଲ ସଙ୍ଘ କାର୍ଯ୍ୟାଳୟର ଗ୍ରିଲ ତାଲା ଭାଙ୍ଗି ସଂଘ ସମ୍ମିଳନୀ କକ୍ଷରେ ଲାଗିଥିବା ଏକ ରଙ୍ଗୀନ ଏଲଇଡି ଟିଭି ଓ ପାଣି ପମ୍ପକୁ ଚୋରି କରି ନେଇ ଯାଇଥିବା ଅଭିଯୋଗ ହୋଇଛି । ଅଭିଯୋଗ ପାଇ ଟାଉନ ଥାନା ଅଧିକାରୀ ଗୌରାଙ୍ଗ ଚରଣ ପୃଷ୍ଟି ଓ ଜମାଦାର ନରେନ୍ଦ୍ର ନାଥ ସୋରେନ ପ୍ରମୁଖ ଘଟଣାସ୍ଥଳକୁ ଯାଇ ତଦନ୍ତ କରୁଥିବା ଦେଖାଯାଇଛି ।




# ଆର୍.ଆର୍.ଟି.ସି ପକ୍ଷରୁ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ଆଠ ଦିନିଆ ୱେବିନାର ବ୍ୟୋଜ୍ୟେଷ୍ଠ ବ୍ୟକ୍ତିଙ୍କ ଦ୍ୱାରା ଉଦ୍‌ଘାଟିତ

ଭୁବନେଶ୍ୱର(ପିଏନ)- ଆଜି ଏନ୍.ଆର୍.ସି.ଡବ୍ଲ୍ୟୁ.ଡି ଦ୍ୱାରା ପରିଚାଳିତ ଆର୍.ଆର୍.ଟି.ସି ତରଫରୁ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟ,ଭାରତ ସରକାରଙ୍କ ସହଯୋଗରେ ଭୁବନେଶ୍ୱରସ୍ଥ ଆର୍.ଆର୍.ଟି.ସି ସଭାଗୃହରେ ବିଶ୍ୱ ବରିଷ୍ଠ ନାଗରିକ ଦିବସ ପାଳନ ଅବସରରେ ପଦ୍ମଶ୍ରୀ ଡକ୍ଟର ପ୍ରଫୁଲ୍ଲ କୁମାର ଜେନା ଓ ଡକ୍ଟର ସେବା ମହାପାତ୍ରଙ୍କ ଦ୍ୱାରା ଆନୁଷ୍ଠାନିକ ଭାବେ ଗୁଗୁଲ୍ ମିଟ୍ ଜରିଆରେ ଆଠଦିନିଆ ୱେବିନାର୍ ଶୁଭ ଉଦ୍‌ଘାଟିତ ହୋଇଯାଇଛି । ଉକ୍ତ ୱେବିନାର୍‌ରେ ଅନ୍ୟୁନ ୪୦ରୁ ୫୦ ଲୋକ ଯଥା ବ୍ୟୋଜ୍ୟେଷ୍ଠ ବ୍ୟକ୍ତି, ସ୍ୱେଚ୍ଛାସେବୀ ସଙ୍ଗଠନର କର୍ମକର୍ତା, ବରିଷ୍ଠ ନାଗରିକ ବାସସ୍ଥାନର ଅନ୍ତେବାସୀଗଣ, ସାମାଜିକ କର୍ମୀ, ଗଣମାଧ୍ୟମ ପ୍ରତିନିଧିବୃନ୍ଦ, ସରକାରୀ କର୍ମଚାରୀ ବୃନ୍ଦ, ସ୍ୱେଚ୍ଛାସେବୀମାନେ ଅଂଶଗ୍ରହଣ କରିଥିଲେ । ଆୟୋଜିତ ହୋଇଥିବା ଏହି ୱେବିନାର୍‌ରେ ମୁଖ୍ୟ ଅତିଥି ଭାବେ ପଦ୍ମଶ୍ରୀ ଡଃ ପ୍ରଫୁଲ୍ଲ କୁମାର ଜେନା ଯୋଗଦାନ କରିଥିବା ବେଳେ ଡକ୍ଟର ସେବା ମହାପାତ୍ର ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ । ଏହି ଅବସରରେ ଡକ୍ଟର ଜେନା କହିଲେ ଯେ, ସେ ୯୦ ବର୍ଷରେ ପହଂଚିଥିଲେ ମଧ୍ୟ ଏବେ ବୈଦିକ ଓ ଦୈନିକ କାର୍ଯ୍ୟକ୍ରମରେ ନିଜର ଅଭ୍ୟାସ ଅବ୍ୟାହତ ରଖିଛନ୍ତି । ଏତଦ୍ ବ୍ୟତୀତ ସେ ଗୁରୁତ୍ୱର ସହ କହିଥିଲେ ଯେ, ବରିଷ୍ଠ ନାଗରିକଙ୍କର ଅଭିଜ୍ଞତାକୁ ପାଥେୟ କରି ସାମାଜିକ ସେବା, ଜ୍ଞାନକୌଶଳର ବିକାଶ, ସ୍ୱାସ୍ଥ୍ୟସେବା, ଶିକ୍ଷାପ୍ରଦାନ,ବୃକ୍ଷରୋପଣ ଆଦି କାର୍ଯ୍ୟରେ ନିୟୋଜିତ କରାଯିବା ଉଚିତ୍ । ୬୦ବର୍ଷରେ ଅବସର ଗ୍ରହଣ କଲେ ମଧ୍ୟ ବହୁ ବରିଷ୍ଠ କର୍ମଚାରୀ ଆଗକୁ କାମ କରିବାର ଦକ୍ଷତା ଥିବାଯୋଗୁଁ ସେମାନଙ୍କୁ ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଉଚିତ୍ । ଠିକ୍ ସେହିପରି ଡକ୍ଟର ମହାପାତ୍ର ଅବଗତ କରାଇଥିଲେ ଯେ, ସମଗ୍ର ବିଶ୍ୱରେ ୨୦୫୦ମସିହା ସୁଦ୍ଧା







ବରିଷ୍ଠନାଗରିକଙ୍କ ସଂଖ୍ୟା ୧୫୦କୋଟିରେ ପହଂଚିବ । ଏପରି ଆକଳନରୁ ଜଣାଯାଉଛି ଯେ, ୨୦୫୦ମସିହା ବେଳକୁ ବରିଷ୍ଠନାଗରିକଙ୍କ ସଂଖ୍ୟା ଭାରତବର୍ଷରେ ମୋଟ୍ ଜନସଂଖ୍ୟାର ଶତକଡା ୨୦ପ୍ରତିଶତ ବୃଦ୍ଧି ପାଇବ । ଏହାଛଡା କୋଭିଡ୍ ମହାମାରୀ ସମୟରେ ବରିଷ୍ଠ ନାଗରିକମାନଙ୍କର ଯଥେଷ୍ଟ ସ୍ୱାସ୍ଥ୍ୟର ଯତ୍ନର ଆବଶ୍ୟକତା ରହିଛି ବୋଲି ସେ ଗୁରୁତ୍ୱାରୋପ କରିଥିଲେ । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଭାରତ ସରକାରଙ୍କ ସାମାଜିକ ନ୍ୟାୟ ଓ ଅଧିକାରିତା ମନ୍ତ୍ରାଳୟର ଅତିରିକ୍ତ ସଚିବ ଶ୍ରୀମତୀ ଉପମା ଶ୍ରୀବାସ୍ତବ ସମ୍ମାନୀତ ଅତିଥିଭାବେ ଯୋଗ ହେବାର କାର୍ଯ୍ୟକ୍ରମ ଥିଲା ମାତ୍ର କିଛି ଯାନ୍ତ୍ରିକ ତୃଟି ଯୋଗୁଁ ସେ ଆଜିର କାର୍ଯ୍ୟକ୍ରମରେ ଯୋଗ ଦେଇ ପାରି ନ ଥିଲେ କିନ୍ତୁ ଆସନ୍ତା କାଲିର କାର୍ଯ୍ୟକ୍ରମରେ ସେ ଯୋଗ ଦେବେ ବୋଲି ନିର୍ଭର ପରତିଶୃତି ଦେଇଛନ୍ତି । ଏହି ୱେବିନାର୍ ଦୀର୍ଘ ଆଠ ଦିନ ଧରି ପ୍ରତ୍ୟହ ପୂର୍ବାହ୍ନ ୧୧ଟାରୁ ଦିବା ୧ଘଟିକା ପର୍ଯ୍ୟନ୍ତ ଗୁଗୁଲ୍ ମିଟ୍ ଜରିଆରେ ବରିଷ୍ଠ ନାଗରିକଙ୍କ ବିଭିନ୍ନ ମୁଦ୍ଦାକୁ ନେଇ ଅଭିଜ୍ଞ ରିସୋର୍ସ ପର୍ସନମାନଙ୍କ ଦ୍ୱାରା ଆଲୋଚନା କରାଯିବ । ଏହି ଆଲୋଚନାରେ ଭାଗ ନେବାକୁ ଚାହୁଁଥିବା ବ୍ୟକ୍ତିମାନେ ନିମ୍ନୋକ୍ତ ଲିଙ୍କ୍‌ରେ ଯୋଗ ଦେବାକୁ ଅନୁରୋଧ । ଲିଙ୍କ୍‌ଟି ହେଉଛି- https://meet.google.com/mfz-zcin-vpg । ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ସାମ୍ବାଦିକ ତଥା ସ୍ତମ୍ଭକାର ଶ୍ରୀଯୁକ୍ତ ନାଗେଶ୍ୱର ପଟ୍ଟନାୟକ ସଂଚାଳନ କରିଥିଲେ ଓ ଆଶା ପ୍ରକାଶ କରି କହିଥିଲେ ଯେ, ଭାରତ ସରକାର ଆଣୁଥିବା ନୂତନ ନାଗରିକ ନୀତି ନିଶ୍ଚୟ ପ୍ରଗତିଶୀଳ ହେବ । ଏହି ୱେବିନାର୍‌ରେ ଆଲୋଚିତ ହେବାକୁ ଥିବା ବିଷୟବସ୍ତୁ ଗୁଡିକୁ ଆଗାମୀ ସାତ ଦିନରେ ବରିଷ୍ଠ ଆଇନ୍‌ଜିବୀ ସଂଜିବ୍ ରାଉତ, ସିଦ୍ଧାର୍ଥ ଦାସ, ହେଲପ୍ ଏଜ୍ ଇଣ୍ଡିଆର ରାଜ୍ୟ ମୁଖ୍ୟ ଶ୍ରୀମତୀ ଭାରତୀ ଚକ୍ର, ବିଶିଷ୍ଟ ମନୋତତ୍ତ୍ୱବିଦ୍ ଡକ୍ଟର ପ୍ରକାଶ ରଥ, ଡକ୍ଟର ଅରବିନ୍ଦ ମହାନ୍ତି, ଡକ୍ଟର ହରିଶ୍ ଚୌଧୁରୀ, ଡକ୍ଟର ଅମ୍ରିତ୍ ପଟ୍ଟଯୋଶୀ,ଡକ୍ଟର ବିଶ୍ୱଭୂଷଣ ପ୍ରଧାନ, ଡକ୍ଟର ଅମ୍ଳାନ୍ ମାଇତି, ଡକ୍ଟର ଝରଣା ସ୍ୱାଇଁ, ବରିଷ୍ଠ ରାଜନୀତି ବିଜ୍ଞାନୀ ତଥା ପ୍ରଫେସର୍ ସୂର୍ଯ୍ୟନାରାୟଣ ମିଶ୍ର, ଅବସରପ୍ରାପ୍ତ ଆଇ.ଏ.ଏସ୍ ଅଫିସର୍ ଶ୍ରୀ ଯୁଗଳ କିଶୋର ମହାପାତ୍ର ଓ ଶ୍ରୀ ବିବେକ ପଟ୍ଟନାୟକ , ବରିଷ୍ଠ ସମାଜସେବୀ ଇମ୍ରାନ୍ ଅଲ୍ଲୀ ଓ ଶ୍ରୀମତୀ ଗୀତା ପ୍ରହରାଜ ପ୍ରମୁଖ ରିସୋର୍ସ ପର୍ସନ ଭାବେ ଆଲୋଚନାରେ ଅଂଶଗ୍ରହଣ କରି ଅତି ପ୍ରାଞ୍ଜଳ ଭାବେ ବିଷୟଗୁଡିକୁ ଅଂଶଗ୍ରହଣକାରୀଙ୍କ ସମ୍ମୁଖରେ ଉପସ୍ଥାପନ କରିବେ ବୋଲି ନିର୍ଭର ପ୍ରତିଶୃତି ଦେଇଛନ୍ତି । ଏହି ୱେବିନାର୍‌ରେ ଅଧିକ ସଂଖ୍ୟାରେ ଭାଗ ନେଇ ୱେବିନାର୍‌କୁ ସଫଳ କରିବାକୁ ଆୟୋଜକ ଆଶା ପ୍ରକାଶ କରିଛନ୍ତି । ଶେଷରେ ଏନ୍.ଆର୍.ସି ଡବ୍ଲ୍ୟୁ.ଡିର ସମ୍ପାଦକ ଶ୍ରୀଯୁକ୍ତ ସୁକାନ୍ତ ପରିଡା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଆର୍.ଆର୍.ଟି.ସିର ପ୍ରକଳ୍ପ ସଂଯୋଜିକା ବାସନ୍ତୀ ବେହେରା ୱେବିନାର୍‌କୁ ସୁଚାରୁରୂପେ ପରିଚାଳନା କରିଥିଲେ ।

## ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ରେ ବ୍ରହ୍ମପୁରରୁ ସୁରତ ଯାତ୍ରା କଲେ ୧୪୩୯ ଯାତ୍ରୀ

ଗଞ୍ଜାମ, (ପିଏନ)- ପୁରୀ-ଅହମ୍ମଦାବାଦ ସ୍ପେଶାଲ ଶ୍ରମିକ ଟ୍ରେନ୍ ଗତକାଲି ରାତି ୮ଟା ରେ ବ୍ରହ୍ମପୁର ଷ୍ଟେସନରେ ପହଂଚିଥିଲା । ପୂର୍ବରୁ ଟ୍ରେନ୍ କୁ ଅପେକ୍ଷା କରିଥିବା ଶହସ୍ରାଧିକ ଯାତ୍ରୀ ଟ୍ରେନ୍ ରେ ଚଢ଼ିଥିଲେ । ମୁଖ୍ୟତଃ ସୁରତ ଯିବାକୁ ଚାହୁଁଥିବା ପ୍ରବାସୀ ଶ୍ରମିକ ମାନେ ମହିଳା ଓ ପିଲାଛୁଆଙ୍କ ସହିତ ସଂରକ୍ଷିତ ଟିକେଟ୍ କରି ଟ୍ରେନ୍ ରେ ଚଢ଼ିଥିଲେ । ବ୍ରହ୍ମପୁର ଷ୍ଟେସନ ମ୍ୟାନେଜର ଦୂର୍ଗାପ୍ରସାଦ ବ୍ରହ୍ମାଙ୍କ ସୂଚନା ମୁତାବକ ମୋଟ୍ ୧୪୩୯ ଯାତ୍ରୀ ଏହି ଟ୍ରେନ୍ ରେ ବ୍ରହ୍ମପୁର ଷ୍ଟେସନରୁ ଯାତ୍ରା କରିଛନ୍ତି । ଥର୍ମାଲ୍ ସ୍କ୍ରିନିଂ, ସାମାଜିକ ଦୂରତା, ମାସ୍କ ପରିଧାନ, ବିଶୋଧନ ଆଦି ପ୍ରତି ବିଶେଷ ଧ୍ୟାନ ରଖାଯାଇଛି ବୋଲି କହିଛନ୍ତି ଷ୍ଟେସନ୍ ମ୍ୟାନେଜର । ଦୀର୍ଘ ୪ ମାସ ପରେ ଏହି ପ୍ରବାସୀ ଶ୍ରମିକମାନେ ପୁଣି ଥରେ କର୍ମସଂସ୍ଥାନ ପାଇଁ ଗୁଜୁରାଟ ତଥା ସୁରତ ଅଭିମୁଖେ ଯାତ୍ରା କରୁଥିବାରୁ ଗଞ୍ଜାମ ଜିଲ୍ଲା ବିଜେପି ପକ୍ଷରୁ ଯାତ୍ରୀ ମାନଙ୍କୁ ଶୁଭକାମନା ଜ୍ଞାପନ କରାଯାଇଥିଲା ।

### ୨ବର୍ଷର ଝିଅ ଦେହରେ ୨୮ ଥର ବ୍ୟାଣ୍ଡେଜ ଘଟଣା

## ଚିକିତ୍ସା ପାଇଁ ପ୍ରଶାସନର ପ୍ରସ୍ତୁତି ଆରମ୍ଭ

କନ୍ଧମାଳ,(ପିଏନ)- ଦାରିଙ୍ଗବାଡ଼ି ବ୍ଲକ ହାତୀମୁଣ୍ଡା ପଂଚାୟତ ଅର୍ନ୍ତଗତ ଡାହୁ ଗ୍ରାମର ୨ବର୍ଷର ଝିଅ ସାଲୁନିକା ପ୍ରଧାନ । ଜନ୍ମ ହେବାର ୧୩ଦିନ ପର ଠାରୁ ଝିଅକୁ କେହି ଧରିଲେ ଦେହର ହାଡ଼ଗୁଡ଼ିକ ଭାଙ୍ଗିଯାଉଛି । ସେଥିପାଇଁ ୨ବର୍ଷର ଝିଅର ହାତ, ଗୋଡ଼ ସମେତ ଶରୀରର ବିଭିନ୍ନ ଅଙ୍ଗରେ ୨୮ଟି ବ୍ୟଣ୍ଡେଜ୍ ପଡ଼ିଛି । ଏନେଇ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ସାଲୁନିକାର ସମସ୍ତ ଚିକିତ୍ସା ମାଗଣାରେ କରିବା ପାଇଁ କଟକ ଜିଲ୍ଲା ଓଲଟପୁର ସ୍ଥିତ ସ୍ୱାମୀ ବିବେକାନନ୍ଦ ଜାତୀୟ ପୁର୍ନବାସ ପ୍ରଶିକ୍ଷଣ ଓ ଅନୁସନ୍ଧାନ ସଂସ୍ଥା(ନିରତାର) ନିଜ ତରଫରୁ ଏନେଇ କନ୍ଧମାଳ ଜିଲ୍ଲା ପ୍ରଶାସନକୁ ଚିଠି ଲେଖିଛନ୍ତି । ନିରତାର୍‌ର ନିର୍ଦ୍ଦେଶକ ଡାକ୍ତର ଶକ୍ତି ପ୍ରସାଦ ଦାସ ସାଲୁନିକାର ଏଭଳି ବିରଳ ରୋଗ ସମ୍ପର୍କରେ ଗଣମାଧ୍ୟମରୁ ଜାଣିବା ପରେ ସଂସ୍ଥାର ବୈଷୟିକ ନିର୍ଦ୍ଦେଶକ କିଶୋର ଚନ୍ଦ୍ର ମହାପାତ୍ରଙ୍କ ସହିତ ଆଲୋଚନାକରିଥିଲେ । ଏହାପରେ ସେ ଫୁଲବାଣୀ ଜିଲ୍ଲା ଭିନ୍ନକ୍ଷମ ଥଇଥାନ କେନ୍ଦ୍ର(ଡିଡିଆରସି)ର ଅଧିକ୍ଷକ ଅକ୍ଷୟ କୁମାର ପଣ୍ଡାଙ୍କ ସହିତ ଯୋଗାଯୋଗ କରି ସାଲୁନିକାକୁ ଓଲଟପୁରକୁ ପଠାଇବାର ବ୍ୟବସ୍ଥା କରିବାକୁ ଅନୁରୋଧ କରିଥିଲେ । ପରେ ସେ କନ୍ଧମାଳ ଜିଲ୍ଲାପାଳଙ୍କୁ ମଧ୍ୟ ଏକ ଚିଠିଲେଖି ପୀଡ଼ିତା ଝିଅକୁ ସଂସ୍ଥାକୁ ପଠାଇଲେତାହାର ଚିକିତ୍ସା ସଂସ୍ଥା ତରଫରୁ ସମ୍ପୂର୍ଣ୍ଣ ମାଗଣାରେ କରାଯିବ ବୋଲି କହିଛନ୍ତି । ସଂସ୍ଥା ଠାରୁ ଚିଠି ପାଇବା ପରେ ଜିଲ୍ଲାପାଳ ମଧ୍ୟ ତୁରନ୍ତ ତତ୍ପରତା ପ୍ରକାଶ କରି ଜିଲ୍ଲା ଚିକିତ୍ସାଧିକାରୀଙ୍କୁ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ରାଷ୍ଟ୍ରୀୟ ବାଲ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଜରିଆରେ ଖୁବ ଶୀଘ୍ର ପୀଡ଼ିତା ଝିଅ ସାଲୁନିକାକୁ ଓଲଟପୁର ସ୍ଥିତ ନିରତାର୍ କୁ ପଠାଇବା ବ୍ୟବସ୍ଥା କରୁଥିବା ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ରାଜଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି । ଏଭଳି ସ୍ଥଳେ ଆସନ୍ତା ସୋମବାର କିମ୍ବା ମଙ୍ଗଳବାର ଦିନ ସାଲୁନିକାର ଚିକିତ୍ସା ପାଇଁ କଟକ ସ୍ଥିତ ଓଲଟପୁରକୁ ନିଆଯିବ ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ୩ ବର୍ଷ ହେଲା ଭାଙ୍ଗି ଯାଇଥିବା କସଲକୋଣ୍ଡା ବ୍ରିଜ ଓ ରାସ୍ତା ମରାମତି ପାଇଁ ଦାବୀ

ମାଲକାନଗିରି, (ପିଏନ)-ଗତ ୩ ବର୍ଷ ତଳେ ମାଲକାନଗିରି ଜିଲ୍ଲା କାଲିମେଲା ବ୍ଲକ ଚିନ୍ତଲବାଡା ପଂଚାୟତ କସଲକୋଣ୍ଡା ଗାଁ ମୁଖ୍ୟ ରାସ୍ତା କୁ ସଂଯୋଗ କରୁଥିବା ଗମ୍ପାକୋଣ୍ଡା କେନାଲ ରାସ୍ତାରୁ ଯାଇଥିବା ଗ୍ରାମ୍ୟ ଉନୟନ୍ନ ବିଭାଗ ର ରାସ୍ତା ଓ ବ୍ରିଜ ଧୋଇହୋଇଯାଇଥିଲା । ହେଲେ ଆଜି ପ୍ରଯ୍ୟନ୍ତ ଉକ୍ତ ବ୍ରିଜ ନିର୍ମାଣ କରାଯାଇନଥିବାରୁ ଏହି ରାସ୍ତାଦେଇ ଯାଉଥିବା ଲୋକ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ବ୍ରିଜ ର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଥିବାରୁ ଏହି ରାସ୍ତାଦେଇ ଚାଲିଚାଲି ଯିବା କଷ୍ଟକର ହୋଇପଡୁଛି ।

ପ୍ରକାଶ ଥାଉକି ଗମ୍ପାକୋଣ୍ଡା ମୁଖ୍ୟ କେନାଲ ରୁପୁରୁଣା ପଂଚାୟତ ଅଫିସ ପର୍ଯ୍ୟନ୍ତ ପ୍ରାୟ ୨ କିମି ରାସ୍ତା ବର୍ଷାରେ ଧୋଇହୋଇଯାଇଛି । ଏହି ରାସ୍ତାର ମଧ୍ୟ ଭାଗରେ କସଲ କୋଣ୍ଡା ନାଳ ରହିଛି, ଯାହାର ଲମ୍ବ ୧ ୫ ମିଟର । ଉକ୍ତ ରାସ୍ତା ଚିନ୍ତଲବାଡା ଓ ଗୁମୁକା ପଂଚାୟତକୁ ସଂଯୋଗ କରୁଥିବାରୁ ବହୁ ଲୋକ ସୁବିଧାରେ ଯାତାୟାତ କରୁଥିଲେ । ତେବେ ୩ ବର୍ଷ ଧରି ରାସ୍ତା ଓ ବ୍ରିଜ ମରାମତି ହୋଇନଥିବାରୁ କସଲକୋଣ୍ଡା, ସିନ୍ଧିଗୁଡା, ଏବଂ ନିକଟରେ ଥିବା ଅନ୍ୟ ୬ ଟି ଗାଁ ର ଶତାଧିକ ଲୋକ ନାହିଁ ନଥିବା ଦୁର୍ଦ୍ଦଶା ଭୋଗୁଛନ୍ତି । ସାଧାରଣତଃ କାହାର ଦେହ ଖରାପ ହେଲେ ରୋଗୀ, ଗର୍ଭବତୀଙ୍କୁ ଚିକିତ୍ସାଳୟ ନେବାକୁ ଗାଁ ନିକଟକୁ ଆମ୍ବୁଲାନ୍ସ ଆସିପାରେନାହିଁ !ଫଳରେ ରୋଗୀଙ୍କୁ ଖଟିଆରେ ବୋହିବାକୁ ପଡିଥାଏବୋଲି କସଲକୋଣ୍ଡା ଗ୍ରାମର ୱାର୍ଡ ମେମ୍ବର ଈରମେ କବାସୀ କହିଛନ୍ତି । ମରାମତି ପାଇଁ ପ୍ରଶାସନ ପାଖରେ ଅଞ୍ଚଳବାସୀ ବାରମ୍ବାର ଦାବି କରିଆସୁଥିଲେ ସୁଦ୍ଧା କେହି ଶୁଣୁ ନ ଥିବା ପଂଚାୟତବାସୀ ଅଭିଯୋଗ କରିଛନ୍ତି !ଜିଲ୍ଲା ପ୍ରଶାସନ ପକ୍ଷରୁ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାପାଇଁ ଦାବୀ ହେଉଛି !

### ବିବାହର ପ୍ରତିଶ୍ରୁତି ଦେଇ ମାସମାସ ଧରି ଯୁବତୀଙ୍କୁ ଦୁଷ୍କର୍ମ

## ୬ମାସର ଗର୍ଭବତୀ ପରେ ସଂପୃକ୍ତ ଯୁବକ ଫେରାର, ଦୈତାରୀ ଥାନାରେ ଏତଲା

ହରିଚନ୍ଦନପୁର, (ପିଏନ) ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ମାସମାସ ଧରି ଯୁବତୀଙ୍କ ସହ ଦୁଷ୍କର୍ମ, ୬ମାସର ଗର୍ଭବତୀ ହେବା ପରେ ସଂପୃକ୍ତ ଯୁବକ ଫେରାର ହୋଇଯାଇଥିବା ନେଇ ଦୈତାରୀ ଥାନାରେ ଲିଖିତ ଅଭିଯୋଗ ହୋଇଛି ।ଖବର ଅନୁଯାୟୀ କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଦୈତାରୀ ଥାନା ଅନ୍ତର୍ଗତ ଆଳୁତୁମା ଗ୍ରାମର ଯାତ ଦେହୁରୀଙ୍କ ଝିଅ (ଛଦ୍ମନାମ) ଜମୁନା(୧୮)ଙ୍କ ସହ ଗ୍ରାମର ଝଂପିତାମ୍ବର ଦେହୁରୀଙ୍କ ପୁଅ ସୁଶାନ୍ତ ଦେହୁରୀ ପ୍ରେମ ସମ୍ପର୍କ ରଖିଥିଲେ । ପରେ ବିବାହର ପ୍ରତିଶ୍ରୁତି ଓ ବିଭିନ୍ନ ପ୍ରଲୋଭନ ଦେଖାଇ ଯୁବତୀଙ୍କୁ ଦୀର୍ଘ ମାସ ଧରି ଦୁଷ୍କର୍ମ କରିଥିଲେ । ଯୁବତୀ ଜଣଙ୍କ ଗର୍ଭବତୀ ହେବା ପରେ ଯୁବକଙ୍କୁ ଘଟଣା ସମ୍ପର୍କରେ ଜଣାଇବା ପରେ ଯୁବକ ଜଣଙ୍କ ଫେରାର୍ ହୋଇଯାଇଥିଲେ । ଯୁବକ ଜଣଙ୍କ ଫେରାର୍ ହୋଇଯିବା ନେଇ ପୀଡ଼ିତା ଜଣଙ୍କ କିଛି ଉପାୟ ନପାଇ ମାଆ ଗୁଣ୍ଡ ଦେହୁରୀଙ୍କୁ ଘଟଣା ସମ୍ପର୍କ ସବୁ କଥା ଜଣାଇଥିଲେ । ଝିଅ ଠାରୁ ସମସ୍ତ ଘଟଣା ସମ୍ପର୍କରେ ଜାଣିବା ପରେ ସମାଧାନ ନିମନ୍ତେ ଗ୍ରାମର ଭଦ୍ର ଲୋକଙ୍କ ଏକ ସଭା ବସିଥିଲା । ହେଲେ ଉକ୍ତ ସଭାରେ ଉଚିତ୍ ନ୍ୟାୟ ମିଳିବା ଭଳି କୌଣସି ସମାଧାନ ବାଟ ବାହାରିନଥିଲା । ଶେଷରେ କିଛି ଉପାୟ ନପାଇ ନ୍ୟାୟ ଆଶାରେ ପରିବାର ସହ ପୀଡ଼ିତା ଦୈତାରୀ ଥାନା ଦ୍ୱାରସ୍ଥ ହୋଇ ଏକ ଲିଖିତ ଅଭିଯୋଗ କରିଥିଲେ । ଏଥିସହ ଯୁବକଙ୍କ ପରିବାର ସବୁ ସମ୍ପର୍କରେ ଜାଣିବା ପରେ ତାଙ୍କୁ ଲୁଚାଇ ରଖିଥିବା ପୀଡ଼ିତା କହିଛନ୍ତି । ଅଭିଯୋଗକୁ ଭିତି କରି ପୋଲିସ ଏକ ମାମଲା ରୁଜୁ କରି ପୀଡ଼ିତାଙ୍କୁ କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟରେ ଡ଼ାକ୍ତରୀମାଇନା କରିବା ପରେ ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି । ହେଲେ ଗତ ମଙ୍ଗଳବାର ଥାନାରେ ଅଭିଯୋଗ ହୋଇଥିଲା ବେଳେ ଆଜି ପର୍ଯ୍ୟନ୍ତ ପୋଲିସ ସଂପୃକ୍ତ ଯୁବକଙ୍କ ପତା ପାଇନଥିବା କାରଣରୁ ନ୍ୟାୟ ଆଶାରେ ଚାହିଁ ରହିଥିବା ପୀଡ଼ିତା ମଧ୍ୟରେ ଧିରେ ଧିରେ ଆଶା ତୁଟିବାକୁ ବସିଛି । ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ଯଥାଶୀଘ୍ର ପୀଡ଼ିତାଙ୍କୁ ଉଚିତ୍ ନ୍ୟାୟ ପ୍ରଦାନ କରାଇବାକୁ ଗ୍ରାମବାସୀ ଓ ପୀଡ଼ିତା ଦାବି କରିଛନ୍ତି ।

## ଆଦର୍ଶ ଚାଷୀ ଏକାକୀ ମହିଳା ମିତା ପ୍ରଧାନ ଆତ୍ମନିର୍ଭରଶୀଳ ହୋଇଛନ୍ତି ଆକ୍ସନଏଡ ସହାୟତାରେ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଦାରିଙ୍ଗବାଡି ଅଂଚଳରେ ଥିବା ସୁନ୍ଦରଗଡ ଗାଁରେ ଆତ୍ମନିର୍ଭରଶୀଳ ହୋଇଛନ୍ତି ସେହି ଗାଁର ଏକାକୀ ମହିଳା ମିତା ପ୍ରଧାନ । ସ୍ୱେଚ୍ଛାସେବୀ ଅନୁଷ୍ଠାନ ଆକ୍ସନଏଡ୍ ସହାୟତାରେ ସେ ନିର୍ଭରଶୀଳ ହୋଇ ହୋଇପାରିଛନ୍ତି ଜଣେ ସଫଳ ଚାଷି ଅନୁଷ୍ଠାନ ତରଫରୁ ତାଙ୍କୁ ପ୍ରଦାନ କରାଯାଇଥିଲା ୫ ହଜାର ଟଙ୍କା ସେଥିରୁ ସେ ତାଙ୍କ ଜମିରେ ଆରମ୍ଭ କରିଛନ୍ତି ବନ୍ଧାକୋବି ଓ ବାଦାମ ଚାଷ ସେଥିରେ ସେ ବର୍ତମାନ ଅଂଚଳର ଜଣେ ସଫଳ ଚାଷି ସାଜିଛନ୍ତି । ୨୦୧୮ ମସିହାରେ କୌଣସି କାରଣ ବସତଃ ଅସୁସ୍ଥ ହେବାପରେ ସ୍ୱାମୀ ମିଳନ ପ୍ରଧାନଙ୍କ ଦେହାନ୍ତ ହେବାପରେ ୨ ବର୍ଷ ଏବଂ ୫ ବର୍ଷର ଦୁଇଟି କନ୍ୟା ସନ୍ତାନକୁ ନେଇ କିପରି ଚଳିବେ ତାହା ତାଙ୍କ ପାଇଁ ହୋଇଥିଲା ଏକ ବଡ ଆହ୍ୱାନ କିପରି ପରିବାର ପୋଷଣ କରିବେ ଏବଂ ତାଙ୍କର ଝିଅମାନଙ୍କୁ କିପରି ବଡ କରିବେ ତାହା ସାଜିଥିଲା ବଡ ଚିନ୍ତ । ବର୍ତମାନ ତାଙ୍କ ପାଖରେ ଥିବା ପ୍ରାୟ ୩ ଏକରରୁ ଅଧିକ ଚାଷ ଜମିରେ କରିଛନ୍ତି ସେ ବନ୍ଧାକୋବି,ବାଦାମ ଓ ବିଭିନ୍ନ ପନିପରିବା ଚାଷ ଏବଂ ସେଥିରେ ତାଙ୍କର ପରିବାରର ଅର୍ଥିକ ଉନ୍ନତି ହେବାସହିତ ସେ ମଧ୍ୟ ଜଣେ ଏକାକି ଆତ୍ମନିର୍ଭରଶୀଳ ମହିଳା ହୋଇ ତାଙ୍କପରି ଏକାକୀ ମହିଳା ମାନଙ୍କ ପାଇଁ ଉଦାହରଣ ସାଜିଛନ୍ତି । ତେବେ ତାଙ୍କ ଭଳି ଦାରିଙ୍ଗବାଡି ଅଂଚଳରେ ଥିବା ଆଉ ୧୧ ଜଣ ଏକାକୀ ମହିଳାଙ୍କୁ ଆକ୍ସନଏଡ ତରଫରୁ ୫ ହାଜର ଟଙ୍କା ଲେଖାଏଁ ପ୍ରାଦାନ କରାଯିବାସହିତ ସେମାନଙ୍କୁ ସେମାନଙ୍କର ଇଛା ଓ ସୁବିଧା ଅନୁସାରେ ଛେଳିଚାଷ, ପନିପରିବା ଚାଷ,ମାଣ୍ଡିଆ ଚାଷ ଏବଂ ସିଆଳି ଖଲି ତିଆରି କରିବା ଭଳି ବିଭିନ୍ନ ଆତ୍ମନିର୍ଭରଶୀଳ କାମ କରି ସ୍ୱାଲମ୍ବୀ ହୋଇପାରିଛନ୍ତି । ଦାରିଙ୍ଗବାଡି ସମେତ କନ୍ଧମାଳ ଜିଲ୍ଲାରେ ଆକ୍ସନଏଡ ତରଫରୁ ଫୁଲବାଣୀ, ତୁମୁଡିବନ୍ଧ ଓ ଘୁ.ଉଦୟଗିରି ଅଂଚଳରେ ଏହିପରି ୩୧ ଜଣ ମହିଳାଙ୍କୁ ସାମାନ୍ୟ ଅର୍ଥିକ ସହାୟତା ଯୋଗାଇ ଦେବାସହିତ ସେମାନଙ୍କୁ ତାଙ୍କର ସୁବିଧା ଅନୁସାରେ କାମକରି ସେମାନଙ୍କୁ ମଧ୍ୟ ଆତ୍ମନିର୍ଭରଶୀଳ କରିବା ପାଇଁ ଉଦ୍ୟମ କରାଯାଇଛି । ସେମାନେ ମଧ୍ୟ ସେମାନଙ୍କର ପ୍ରଚେଷ୍ଟାରେ ବିଭିନ୍ନ କାର୍ଯ୍ୟ ମାଧ୍ୟମରେ ସେମାନଙ୍କ ପରିବାରର ଆର୍ଥିକ ଅଭିବୃଦ୍ଧି କରିବାରେ ଲାଗିଛନ୍ତି ବୋଲି ଦାରିଙ୍ଗବାଡି ଅଂଚଳରେ କାର୍ଯ୍ୟରତ ଆକ୍ସନଏଡର ଧନେଶ୍ୱର ସାହୁ କହିଛନ୍ତି ।

## ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ ସ୍ୱାମୀ ଅଗ୍ନିବେଶଙ୍କ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା

ଭୁବନେଶ୍ୱର, (ପିଏନ)- ବିଶିଷ୍ଟ ସାମାଜିକ କାର୍ଯ୍ୟକର୍ତା, ଆର୍ଯ୍ୟସମାଜ ଆନ୍ଦୋଳନର ମୁଖ୍ୟ ପୃଷ୍ଠପୋଷକ, ସଂସ୍କାରବାଦୀ ସନ୍ନ୍ୟାସୀ ସ୍ୱାମୀ ଅଗ୍ନିବେଶଙ୍କ ଉଦ୍ଦେଶ୍ୟରେ ଆର୍ଯ୍ୟସମାଜ, ଓଡ଼ିଶା ପକ୍ଷରୁ ଏକ ଶ୍ରଦ୍ଧାଞ୍ଜଳି ସଭା ଜୁମ୍ ଭିଡ଼ିଓ ଯୋଗେ ସଭାପତି ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ବେଦମନ୍ତ୍ର ପାଠ କରିବା ପରେ ଶ୍ରଦ୍ଧାଞ୍ଜଳି ଜଣାଇ ଦିବ୍ୟଜୀବନ ସଂଘର ସନ୍ନ୍ୟାସୀ ସ୍ୱାମୀ ଜଗନ୍ନାଥାନନ୍ଦ ମହାରାଜ କହିଲେ ଯେ, ମହର୍ଷି ଦୟାନନ୍ଦଙ୍କର ସଚ୍ଚା ଶିଷ୍ୟ ଥିଲେ ସ୍ୱାମୀ ଅଗ୍ନିବେଶ, ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ସେ ପ୍ରକୃତରେ ଥିଲେ ସାମାଜିକ କ୍ରାନ୍ତିର ଜଣେ ବାର୍ତାବହ । ବିଶିଷ୍ଟ ଶିକ୍ଷାବିତ୍ ଡଃ ପ୍ରଫେସର ହରେକୃଷ୍ଣ ଶତପଥି କହିଲେ ଯେ, ସ୍ୱାମିଜୀ ଅଗ୍ନିବେଶ ନାମକୁ ସାର୍ଥକ କରିଥିଲେ । ତାଙ୍କର ବକ୍ତବ୍ୟରେ ଅଗ୍ନିସ୍ଫୁଲିଙ୍ଗ ସୃଷ୍ଟି କରୁଥିଲା । ଶିକ୍ଷାବିତ୍ ଡଃ ବଦ୍ରୀନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସେ ଥିଲେ ଗୋତିଶ୍ରମିକମାନଙ୍କର ତ୍ରାଣକର୍ତା । ସମାଜବାଦୀ ପାର୍ଟିର ସଭାପତି ରବି ବେହେରା କହିଲେ ଯେ, ଆମେ ଗର୍ବିତ ଯେ, ସେ ଓଡ଼ିଶାରେ ଜନ୍ମ ହୋଇଥିଲେ । ବରିଷ୍ଠ କଂଗ୍ରେସ ନେତା ଅଧ୍ୟାପକ କୈଳାସ ଆଚାର୍ଯ୍ୟ କହିଲେ ଯେ, ସ୍ୱାମିଜୀ ମରିନାହାଁନ୍ତି, ସ୍ୱାମିଜୀଙ୍କୁ ଗୋଟିଏ ନିର୍ଦ୍ଦିଷ୍ଟ ଦଳର ଗୁଣ୍ଡାମାନେ ମାରିଦେଲେ । ଘାତକମାନେ ସରକାରୀ ପୃଷ୍ଠପୋଷକତାରେ ଏବେବି ବୁଲୁଛନ୍ତି । ଡ଼ି.ଏ.ଭି.ର ବରିଷ୍ଠ କାର୍ଯ୍ୟକର୍ତା ଡଃ ହିମାଂଶୁ ମହାନ୍ତି କହିଲେ ଯେ, ଓଡ଼ିଶାର ପ୍ରତ୍ୟେକଟି ସମସ୍ୟା ସହିତ ନିଜକୁ ସାମିଲ୍ କରିଥିଲେ । ସେ ପୋସ୍କୋ ହେଉ ବା ମହାନଦୀ ବଂଚାଓ ହେଉ । ମା'ଘରର ପ୍ରତିଷ୍ଠାତ୍ରୀ ସଭାନେତ୍ରୀ ରତ୍ନପର୍ଣ୍ଣା ମହାନ୍ତି ଶ୍ରଦ୍ଧାଞ୍ଜଳି ଜଣାଇ କହିଲେ ଯେ, ସମାଜର ପଛୁଆବର୍ଗ, ବିଶେଷ ଭାବେ ଶୋଷିତଶ୍ରେଣୀ, ମହିଳାମାନଙ୍କୁ ସମାଜର ଆଗଧାଡ଼ିକୁ ଆଣିବାକୁ ତାଙ୍କର ସଂଗ୍ରାମ ଥିଲା ସାଲିସ ବିହୀନ । ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ କୁଳପତି ଡଃ ବିମଳେନ୍ଦୁ ମହାନ୍ତି, ମହାବୋଧି ସମିତିର ଟ୍ରଷ୍ଟି ଡଃ ସୌରେନ୍ଦ୍ର ମହାପାତ୍ର, ମହର୍ଷି ଦୟାନନ୍ଦ ମିଶନ ଅଧ୍ୟକ୍ଷ ଡଃ ବିକାଶ ପଣ୍ଡା, ଇଂ ଗୋପିନାଥ ପଟ୍ଟନାୟକ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ । କାର୍ଯ୍ୟକ୍ରମକୁ ଡଃ ବଦ୍ରୀନାଥ ପଟ୍ଟନାୟକ ପରିଚାଳନା କରିଥିଲେ । ଶେଷରେ ଯୁବ ଆର୍ଯ୍ୟସମାଜ, ଓଡ଼ିଶାର ଅଧ୍ୟକ୍ଷ ପ୍ରବୀର ଆର୍ଯ୍ୟ ଧନ୍ୟବାଦ ଦେଇଥିଲେ ।

## ବିଶିଷ୍ଟ କର୍ମଚାରୀ ନେତା ଅକ୍ଷୟ ମହାକୁଡ଼ଙ୍କ ପଂଚମ ବାର୍ଷିକ ଶ୍ରାଦ୍ଧୋତ୍ସବ ପାଳିତ

ଭୁବନେଶ୍ୱର, (ପିଏନ)- ଓଡ଼ିଶା ସଚିବାଳୟ ଅମଲାସଂଘ, ଓଡ଼ିଶା ସଚିବାଳୟ ସେବାସଂଘର ପୂର୍ବତନ ସାଧାରଣ ସମ୍ପାଦକ, ସଚିବାଳୟ କର୍ମଚାରୀ ମହାସଂଘର ମହାସଚିବ, ଓଡ଼ିଶା ଶିକ୍ଷକ କର୍ମଚାରୀ ମିଳିତମଂଚର ସଂଯୋଜକ ଏବଂ ଡିଏଭି ପବ୍ଲିକ୍ ସ୍କୁଲ୍ ଅଭିଭାବକ ଆନ୍ଦୋଳନର କର୍ଣ୍ଣଧାର, ନିର୍ଭୀକ ଲଢୁଆ କର୍ମଚାରୀ ନେତା ସ୍ୱର୍ଗତ ଅକ୍ଷୟ କୁମାର ମହାକୁଡଙ୍କ ପଂଚମ ବାର୍ଷିକୀ ଶ୍ରାଦ୍ଧୋତ୍ସବ ଭୁବନେଶ୍ୱର ଓସା ହାଉସ୍‌ରେ ଚିତରଂଜନ ହୋତାଙ୍କ ଅଧ୍ୟକ୍ଷତାରେ ସାମାଜିତ ଦୂରତା ଅବଲମ୍ବନ କରାଯାଇ ଆଜି ମଧ୍ୟାହ୍ନରେ ପାଳିତ ହୋଇଯାଇଅଛି । ଏହି ଅବସରରେ ଓଡ଼ିଶା ସଚିବାଳୟ ସେବାସଂଘ ସାଧାରଣ ସମ୍ପାଦକ ବିବେକାନନ୍ଦ ସାମଲ୍, କର୍ମଚାରୀ ସଙ୍ଗଠକ ସୁବାସ ଷଡ଼ଙ୍ଗୀ, ଗିରିଜା ଶଙ୍କର ଦାସ, ମନୋରଞ୍ଜନ ଦାସ, ପ୍ରଶାନ୍ତ ନାୟକ, ବିଚିତ୍ରାନନ୍ଦ ଦାସ, ଶ୍ରୀକାନ୍ତ ରାଉତ, ପ୍ରଦୀପ୍ତ ସାମନ୍ତରାୟ, ମନୋରଞ୍ଜନ ମଲ୍ଲିକ, ସନ୍ତୋଷ ଦାଶ, ଅଭୟ ମହାନ୍ତି, ରାମ ମହାନ୍ତି, ଲକ୍ଷ୍ମୀଧର ବେହେରା ପ୍ରମୁଖ ସ୍ୱର୍ଗତ ମହାକୁଡଙ୍କ ତୈଳଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ ସହ ଦୀପଦାନ କରିଥିଲେ । ଦୁଇ ମିନିଟ୍ ନିରବ ପ୍ରାର୍ଥନା ମାଧ୍ୟମରେ ସ୍ୱର୍ଗତ ନେତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହିତ ତାଙ୍କ ସଂଗ୍ରାମ, ତ୍ୟାଗ ନୂତନ କର୍ମଚାରୀମାନଙ୍କୁ ଦିଗ୍‌ଦର୍ଶନ ଦେବ ବୋଲି ମତବ୍ୟକ୍ତ କରିଥିଲେ ।

## ବିକ୍ରି ପାଇଁ ଦୋକାନ ରେ ରଖିଥିବା ପେଟ୍ରୋଲରୁ ନିଆଁ ଲାଗି ଦୋକାନ ଧୂଳିସାତ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ପୋଟ୍ରେଲ ଛକ ଠାରେ ଥିବା ରାଜୁ ପାଙ୍ଗୀଙ୍କ ଦୋକାନରେ ନିଆଁ ଲାଗି ଦୋକାନଟି ସମ୍ପୂର୍ଣ ପୋଡି ଧୂଳିସାତ ହୋଇଯାଇଛି । ଦୋକାନ ରେ ଥିବା ପ୍ରାୟ ୭୦ ହଜାର ଟଙ୍କାର ଦୋକାନ ସାମଗ୍ରୀ ସହିତ ବହୁ ଆସବା ପତ୍ରପୋଡି ପାଉଁଶ ହୋଇଯାଇଛି ।ସ୍ଥାନୀୟ ଲୋକମାନେ ନିଆଁକୁ ଆୟତ କରିବାକୁ ଉଦ୍ୟମ କରିଥିଲେ ହେଲେ ନ ପାରିବାରୁ ଏ ସମ୍ପର୍କରେ କୋରୁକୋଣ୍ଡା ଅଗ୍ନିଶମ ବିଭାଗ କୁ ଖବର ଦେଇଥିଲେ !ଅଗ୍ନିଶମ କର୍ମଚାରୀମାନେ ଘଟଣା ସ୍ଥଳରେ ପହଂଚି ଦୀର୍ଘ ସମୟ ଧରି ସଂଘର୍ଷ କରିବାପରେ ନିଆଁକୁ ଆୟତଓ କରିବାରେ ସଫଳ ହୋଇଥିଲେ ।ମିଳିଥିବା ସୂଚନା ଅନୁଯାୟୀ ଦୋକାନରେ ବିକ୍ରୀ କରିବା ନିମନ୍ତେ ଏକ ପ୍ଲାଷ୍ଟିକ ଜାରକିନ ରେ ପ୍ରାୟ ୬୦ ଲିଟର ପେଟ୍ରୋଲ ରଖିଥିଲେ ତେବେ କୋଣସି କାରଣରୁ ଜାରକିନ ରେ ନିଆଁ ଲାଗିଯାଇଥିଲା । ଫଳରେ ପେଟ୍ରୋଲର ନିଆଁ ଉଗ୍ରରୂପ ନେବା ସହ ସମଗ୍ର ଦୋକାନ କୁ ପୋଡି ଜାଳି ଦେଲା ।ଏହି ଅଗ୍ନିକାଣ୍ଡରେ ଲୋକଙ୍କ କିଛି କ୍ଷତି ହୋଇନାହିଁ । ଜିଲ୍ଲାର ବିଭିନ୍ନ ଅଂଚଳରେ ଅନେକ ପେଟ୍ରୋଲ ଟାଙ୍କି ରହିଛି । ହେଲେବି ଜିଲ୍ଲାର ବିଭିନ୍ନ ଅଂଚଳରେ କିଛି ଅସାଧୁ ବ୍ୟବସାୟୀ ନିଜ ନିଜର ଦୋକାନ ସମ୍ମୁଖରେ ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ଖୋଲା ଖୋଲି ବିକ୍ରି କରୁଛନ୍ତି । ପୋଲିସ କିମ୍ବା ଜିଲ୍ଲା ଯୋଗାଣ ବିଭାଗର ଅଧିକାରୀ ମାନେ ନିରବ ଦ୍ରଷ୍ଟା ସାଜିଛନ୍ତି । ବେଆଇନ ଭାବେ ପେଟ୍ରୋଲ ଓ ଡିଜେଲ ବିକୁଥିବା ବ୍ୟବସାୟୀ ମାନଙ୍କ ବିରୁଦ୍ଧରେ କୌଣସି ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବା ଯୋଗୁଁ ଏଭଳି ଅଗ୍ନିକାଣ୍ଡ ଘଟୁଥିବା ଅଂଚଳ ବାସୀ ଅଭିଯୋଗ କରିଛନ୍ତି ।ତେବେ ଯୋଗାଣ ବିଭାଗର ଅଧିକାରୀ ଓ ପୋଲିସ ପ୍ରଶାସନ ପକ୍ଷରୁ ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ଜିଲ୍ଲାବାସୀ ଦାବୀ କରିଛନ୍ତି !

### ୨ କୋଭିଡ୍ ସନ୍ଦିଗ୍ଧଙ୍କ ଶବ ସଂସ୍କାର ପାଇଁ ସହାୟତା କଲା ଟିମ ହ୍ୟୁମେନିଟି

## ପୋଲିସ, ପ୍ରଶାସନ ଓ ପୌରନିର୍ବାହୀ ଅଧିକାରଙ୍କ ଉପସ୍ଥିତିରେ ହେଲା ସମ୍ପର୍ଣ୍ଣ

କନ୍ଧମାଳ,(ପିଏନ)-୨ କୋଭିଡ୍ ସନ୍ଦିଗ୍ଧଙ୍କର ଫୁଲବାଣୀ ଡାକ୍ତରଖାନାରେ ଚିକିତ୍ସିତ ଅବସ୍ଥାରେ ମୃତ୍ୟୁ ହୋଇଥିଲା । ସେମାନଙ୍କ ମଧ୍ୟରୁ ଫୁଲବାଣୀ ଗଣେଷ ବଜାରର ଜଣେ ୭୫ ବର୍ଷିୟ ପୁରୁଷ ହୋଇଥିବାବେଳେ ଆଉ ଜଣେ ଅମଲାପଡା ଅଂଚଳର ଜଣେ ୮୦ ବର୍ଷର ମହିଳା ଅଟନ୍ତି । ତେବେ ସେମାନଙ୍କର ଶବ ସଂସ୍କାର ପାଇଁ ତାଙ୍କ ଆଖପାଖ ଅଂଚଳର କେହି ନଆସିବାରୁ କନ୍ଧମାଳ ଟିମ ହ୍ୟୁମାନିଟିକୁ ଜିଲ୍ଲା ପ୍ରଶାସସନ ତରଫରୁ ଏହି କାର୍ଯ୍ୟରେ ସହାୟତା ପାଇଁ ଅନୁରୋଧ କରାଯାଇଥିଲା । ଏଥିରେ ଟିମ ହ୍ୟୁମାନିଟିର ସଦସ୍ୟ ମାନେ ତୁରନ୍ତ ପ୍ରସ୍ତୁତ ହେବା ସହିତ ସଦସ୍ୟ ମାନେ କୋଭିଡ ହସପିଟାଲରେ ପହଂଚିବା ସହିତ ସମସ୍ତେ ପିପିଇ କିଟ୍ ପିନ୍ଧି ସ୍ଥାନୀୟ ଏଫ୍‌ସିଆଇ ଛକ ନିକଟରେ ଥିବା ଶ୍ମଶାନରେ କୋଭିଡ ନିୟମ ଅନୁସାରେ ୨ଟି ଶବ ସଂସ୍କାର କରିଥିଲେ । ସେଠାରେ ଉଭୟ ମୃତକଙ୍କ ପରିବାରର ସ୍ୱଳ୍ପ ସମ୍ପର୍କୀୟଙ୍କ ସମେତ ପୋଲିସ ଜିଲ୍ଲା ପ୍ରଶାସନିକ ଅଧିକାରୀ ଫୁଲବାଣୀ ପୌରାଂଚଳର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଏହି ଦୁଇଟି ଶବକୁ ସଂସ୍କାର କରାଯାଇଛି । ଟିମ ହ୍ୟୁମାନିଟିର ଏହି ମାନବିକତା ପୂର୍ଣ୍ଣ କାର୍ଯ୍ୟକୁ ଜିଲ୍ଲା ପ୍ରଶାସନ ସମେତ ଜିଲ୍ଲାର ବିଭିନ୍ନ ବୁଦ୍ଧିଜୀବି ମହଲରେ ପ୍ରଶଂସା କରାଯାଇଛି । ସୁଚା ଯୋଗ୍ୟ ଟିମ ହ୍ୟୁମାନିଟି ଗତ କଟି ଦିନ ହେଲା ଫୁଲବାଣୀ ସମେତ ସମଗ୍ର କନ୍ଧମାଳ ଜିଲ୍ଲାରେ ସଡକ ଦୁର୍ଘଟଣାର ଆହତ ମାନଙ୍କ ସହିତ ସ୍ନେକ ହେଲ୍ପଲାଇନ୍ ଜରିଆରେ ଲୋକଙ୍କ ଘରେ ପଶିଥିବା ସାପକୁ ଧରିବା ସହିତ ତାକୁ ନେଇ ସୁରକ୍ଷିତ ଭାବରେ ଜଙ୍ଗଲରେ ଛାଡିବା,ରକ୍ତଦାନ କ୍ଷେତ୍ରରେ କାର୍ଯ୍ୟ କରିବା ଭଳି ଅନ୍ୟାନ୍ୟ ସେମା ମୂଳକ କାର୍ଯ୍ୟରେ ଅସହାୟ ଲୋକଙ୍କୁ ସେବା ଦେଇ ଆସୁଛି । ତେବେ ଆଜିର ଏହି କାର୍ଯ୍ୟ ପାଇଁ ଟିମ ହ୍ୟୁମାନିଟିର ସଦସ୍ୟ ମାନଙ୍କୁ ଜିଲ୍ଲାର ସବୁ ସ୍ତରରୁ ପ୍ରଶଂସାର ସୁଅ ଛୁଟିଛି ।




# ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୂରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଳିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧ୍ୟକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧ୍ୟକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ। ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୂରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୂଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି। କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି। ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି। ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ। ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ। ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା। ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ ି ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଳ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଳ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି। ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ। ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ। ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ। ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ। ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ। ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ। ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ। ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ। ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର।

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧ୍ୟମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ୍ୟ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧ୍ୟାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି। ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ୍ୟ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ରାଜଗାଙ୍ଗପୁରରେ ମଧ୍ୟ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ଫଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦ୍ଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web :www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Praggyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web :www.maharishipublicschool.com

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ଖେଳ

# ପର୍ଯ୍ୟବେକ୍ଷକ



## ଇତିହାସ ରଚିଲା ଓଡିଶା ପୁରୁଷ ହକି ଦଳ, ପ୍ରଥମ ଥର ପାଇଁ ଜିତିଲା ଜାତୀୟ ସିନିୟର ହକି ଚାମ୍ପିୟନସିପ



ଭୁବନେଶ୍ୱର, (ପି.ଏନ): ପ୍ରଥମ ଥର ପାଇଁ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ଜିତିଛି ଓଡିଶା। ଆଜି ଚେନ୍ନାଇର ମେୟର ରାଧାକୃଷ୍ଣନ ହକି ଷ୍ଟାଡିୟମରେ ହରିୟାଣାକୁ ୫-୧ ଗୋଲରେ ପରାସ୍ତ କରି ଏହି ଇତିହାସ ରଚିଛି ଓଡିଶା। ତାମିଲନାଡୁ ଉପ-ମୁଖ୍ୟମନ୍ତ୍ରୀ ଉଦୟନିଧି ଷ୍ଟାଲିନ ଓଡିଶା ଦଳକୁ ଟ୍ରଫି ପ୍ରଦାନ କରିଥିଲେ। ଏହି ସମୟରେ ସେଠାରେ ହକି ଇଣ୍ଡିଆ ସଭାପତି ଦିଲ୍ଲୀପ ତିର୍କୀ ଉପସ୍ଥିତ ଥିଲେ।ଓଡିଶା ମଣିପୁରକୁ ୪-୨ ଗୋଲରେ ପରାସ୍ତ କରି ଚଳିତ ଥର ପ୍ରଥମ ଥର ପାଇଁ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ଫାଇନାଲରେ ପ୍ରବେଶ କରିଥିଲା। ସେହିପରି ହରିୟାଣା ୩-୨ ଗୋଲରେ ଉତ୍ତର ପ୍ରଦେଶକୁ ହରାଇ ଫାଇନାଲରେ ପହଞ୍ଚିଥିଲା।ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ୨୦୧୧ରୁ ଆରମ୍ଭ ହୋଇଛି। ୨୦୧୬ରେ ଅନୁଷ୍ଠିତ ଷଷ୍ଠ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପରେ ଓଡିଶା ତୃତୀୟ ସ୍ଥାନ ହାସଲ କରିଥିଲା। ଆଉ ଏତେ ବର୍ଷର ଅପେକ୍ଷାକୁ ଅନ୍ତ କରି ଆଜି ଦଳ ଏହି ଚାମ୍ପିୟନଶିପର ଚତୁର୍ଦ୍ଦଶତମ ସଂସ୍କରଣରେ ଚାମ୍ପିୟନ ହୋଇଛି।

## କେଶରୀ ଯା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ

ଭୁବନେଶ୍ୱର,(ପି.ଏନ): ସୋମବାର ଦିନ ଦିବା ୧୧ ଘଣ୍ଟା ସମୟରେ କେଶରୀ ଯା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ଭୁବନେଶ୍ୱର ସ୍ଥିତ ରାଜ୍ୟ କାର୍ଯ୍ୟାଳୟ ଠାରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ସଭାପତି ଶ୍ରୀ ସନ୍ତୋଷ ଭୋଲଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଥିବା ଏହି ସାମ୍ବାଦିକ ସମ୍ମିଳନୀ ରେ ରାଜ୍ୟ କାର୍ଯ୍ୟକାରୀ ସଭାପତି ରୁଦ୍ର ନାରାୟଣ ଜିତ୍ ବାବୁ, ରାଜ୍ୟ ମାର୍ଗଦର୍ଶକ ପ୍ରଦ୍ୟୁମ୍ନ ଦାଶ, ରାଜ୍ୟ ସାଧାରଣ ସମ୍ପାଦକ ଅମରେଶ ସାମନ୍ତ, ରାଜ୍ୟ ଉପସଭାପତି ସଞ୍ଜୟ ବାରିକ, ଆର୍ଯ୍ୟ ବ୍ରତ ସାମଲ, ବ୍ରହ୍ମ ପ୍ରସାଦ ମହାପାତ୍ର, ରାଜ୍ୟ ସମ୍ପାଦକ ଅଞ୍ଜନ ତ୍ରିପାଠୀ, ଅନିଲ ମହାନ୍ତି, ରାଜ୍ୟ ରାଲି ପ୍ରମୁଖ ନିଗମ ମହାନ୍ତି, ରାଜ୍ୟ ପ୍ରବକ୍ତା ନିଗମାନନ୍ଦ ଜେନା, ସାର୍ଥକ ମହାପାତ୍ର, ପ୍ରତ୍ୟୁଷ ପରିଜା, ଆଲ୍ଲୁ ରାୟ, ଆଶୋକ ଗଡିଆ ପ୍ରମୁଖ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।



## ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ ପରେ କାର୍ଯ୍ୟାନୁଷ୍ଠାନ ଶୂନ୍ୟ : ବି.ଇ.ଓଙ୍କ ପଦୋନ୍ନତି ପାଇଁ ଚାଲିଛି ମସୁଧା

ମାହାଙ୍ଗା ,(ପି.ଏନ): ପୂର୍ବରୁ ଯେଉଁଭଳି ଭାବରେ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ କଲେ ତାହା କେବଳ କାର୍ଯ୍ୟାଳୟ ଡାଏରୀରେ ପଞ୍ଜିକରଣ କରାଯାଇ ସଂପୃକ୍ତ ବିଭାଗକୁ ପଠାଇ ଦିଆଯାଉଥିଲା। ଠିକ୍ ସେହିଭଳି ବ ର୍ତ୍ତମାନର ମାନ୍ୟବର ମୁଖ୍ୟମନ୍ତ୍ରୀ ନିକଟରେ ଯଦି ଡାକଯୋଗେ ଅଭିଯୋଗ ପତ୍ର ପଠାଯାଉଛି ତେବେ ପୂର୍ବବ ର୍ତ୍ତୀ ଧାରାକୁ ଅବଲମ୍ବନ କରାଯାଇ ଅଭିଯୋଗକୁ କାର୍ଯ୍ୟାଳୟରେ ପଞ୍ଜିକରଣ କରାଯିବା ସହ ସଂପୃକ୍ତି ବିଭାଗକୁ ପଠାଇ ଦେଉଥିବା ସୂଚନା ତଥ୍ୟରୁ ଜଣାପଡିଛି। ଏଠାରେ ସୂଚନା ଯୋଗ୍ୟ ଯେ ତା୧୮.୭. ୨୦୨୪ରିଖରେ ମାହାଙ୍ଗା ଅଂଚଳର ଗଣମାଧ୍ୟମ ପ୍ରତିନିଧି ବିବେକାନନ୍ଦ ଦାସ ରାଜ୍ୟମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିକଟରେ ମାହାଙ୍ଗା ବ୍ଲକ ଶିକ୍ଷାଧିକାରୀଙ୍କ ବିରୁଦ୍ଧରେ ଅଭିଯୋଗ କରିଥିଲେ। ମାହାଙ୍ଗା ବ୍ଲକ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ସୂଚନା ତଥ୍ୟ ନଂ୮୬୧ ତା ୨୪.୫.୨୦୨୪ରେ ପ୍ରଦାନ ତଥ୍ୟ ଅନୁଯାୟୀ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ବ୍ୟାପକ ଅନିୟମିତତା ହୋଇଥିବା ସଂପର୍କୀତ ଅଭିଯୋଗ ମୁଖ୍ୟମନ୍ତ୍ରୀଙ୍କ ନିକଟରେ କରାଯାଇଥିଲା। ଏ ସଂପର୍କରେ ତା୧୮.୮. ୨୦୨୪ରିଖରେ ସୂଚନା ତଥ୍ୟ ପାଇବା ପାଇଁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଆବେଦନ କରାଯାଇଥିଲା। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ଓଡ଼ିଶା ଚିଠି ନଂ୨୫୯୩ ତା୨୯.୮.୨୪ରିଖ ସୂଚନା ତଥ୍ୟରେ ଦର୍ଶାଯାଇଥିଲା ତା୧୮.୭.୨୦୨୪ରିଖର ଅଭିଯୋଗ ଏହି କାର୍ଯ୍ୟାଳୟ ଡାଏରୀ ସଂଖ୍ୟା ୪୯୩୨/ସିଏମ୍ ॥ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗକୁ ପ୍ରେରଣ କରାଯାଇଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଚିଠି ନଂ୨୧୮୮୭ ତା ୩୧.୮.୨୦୨୪ରିଖରେ ଲୋକସୂଚନା ଅଧିକାରୀ ଇନ୍‌ଚାର୍ଯ ସେକ୍‌ସନ୍ ଆଇ.ଭି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ଲୋକସୂଚନା ଅଧିକାରୀ,ଜିଲ୍ଲାଶିକ୍ଷାଧିକାରୀଙ୍କୁ ସୂଚନା ତଥ୍ୟ ପ୍ରଦାନ ନିମନ୍ତେ ପଠାଯାଇଥିବା ଚିଠିରେ ଦର୍ଶାଯାଇଥିଲା। ପରବ ର୍ତ୍ତୀ ସମୟରେ ବିଦ୍ୟାଳୟ ଗଣଶିକ୍ଷା ବିଭାଗ ଓଡ଼ିଶା ୨୩୧୦୦ ତା ୧୨.୯.୨୦୨୪ରିଖରେ ଲୋକସୂଚନା ଅଧିକାରୀ ପ୍ରାଥମିକ ଶିକ୍ଷାନିର୍ଦ୍ଦେଶାଳୟ ଓଡ଼ିଶା ଭୁବନେଶ୍ୱରକୁ ଆବେଦନପତ୍ର ହସ୍ତାନ୍ତର କରଯାଇଥିବା ଦର୍ଶାଯାଇଥିଲା। ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ଓଡିଶା,ଭୁବନେଶ୍ୱର ଚିଠି ନଂ ୨୦୦୪୧ ତା ୨୬.୯. ୨୦୨୪ରିଖରେ ଲୋକସୂଚନା ଅଧିକାରୀ ଏବଂ ଏଷ୍ଟାବିଲିସ୍‌ମେ ସେକ୍‌ସନ୍ ପଠାଯାଇଥିବା ସୂଚନା ଦିଆଯାଇଥିଲା। ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ଚିଠି ନଂ୨୦୭୩୬ ତା ୫.୧୦.୨୦୨୪ରିଖରେ ଜିଲ୍ଲାଶିକ୍ଷାଧିକାରୀଙ୍କ କଟକଙ୍କୁ ସୂଚନା ତଥ୍ୟ ପ୍ରଦାନ ନିମନ୍ତେ ଚିଠି କରାଯାଇଥିବା ଜଣାପଡିଥିଲା। ଏଠାରେ ପ୍ରଶ୍ନ ଉଠୁଛି ଯେ ଏକମାସ ମଧ୍ୟରେ ସୂଚନା ତଥ୍ୟ ଆବେଦନକାରୀଙ୍କୁ ତଥ୍ୟ ପ୍ରଦାନ କରାଯିବ ହେଲେ ବ ର୍ତ୍ତମାନ ସୁଧା ୧୮.୮.୨୦୨୪ରିଖରେ ସୂଚନା ତଥ୍ୟ ପାଇଁ ଆବେଦନ କରିଥିଲେ ମଧ୍ୟ ଆବେଦନକାରୀଙ୍କୁ ସୂଚନା ତଥ୍ୟ ପ୍ରଦାନ କରାଯାଉନାହିଁ। ବିଦ୍ୟାଳୟ ଗଣଶିକ୍ଷା ବିଭାଗ ପକ୍ଷରୁ ଏବେ ବି.ଇ.ଓ.ଙ୍କ ପଦୋନ୍ନତି ପାଇଁ ତାଲିକା ପ୍ରସ୍ତୁତ କରାଯାଇଥିବା ଜଣାପଡିଛି । ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ବିଜ୍ଞପ୍ତି ନମ୍ବର ତା. ୨୮୪୨୫,ତା.୧୮.୧୧.୨୦୨୪ ରିଖରେ ପଦୋନ୍ନତି ପାଇବା ପାଇଁ ଅଫିସରମାନଙ୍କର ତାଲିକା ପ୍ରକାଶ ପାଇଛି । ୧୩ ନମ୍ବର ତାଲିକାରେ ବି.ଇ.ଓ. ମାହାଙ୍ଗା କଟକଙ୍କର ନାମ ରହିଛି । ତେବେ ପ୍ରଶ୍ନ ଉଠୁଛି କିଭଳି ଭାବରେ ବିଜେପି ସରକାର ଦୁର୍ନୀତିଗ୍ରସ୍ତ ଅଧିକାରୀମାନଙ୍କ ବିରୁଦ୍ଧରେ ଅଭିଯୋଗ ପରେ ବି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକରି ତାଙ୍କର ପଦୋନ୍ନତି କରୁଛନ୍ତି । ଏହାଫଳରେ ସାଧାରଣରେ ସରକାରଙ୍କର ଏଭଳି ନୀତିକୁ ନେଇ ଅସନ୍ତୋଷ ବଢିବାରେ ଲାଗିଛି । ଯଦି ତଦନ୍ତ କରାଯାଇଛି ତେବେ ସୂଚନା ତଥ୍ୟ ମାଗିଲେ ତଥ୍ୟ ପ୍ରଦାନ କରାଯାଉ ନାହିଁ କାହା ସ୍ୱାର୍ଥରେ। ଏଣୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ମନ୍ତ୍ରୀ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସର୍ବସାଧାରଣରେ ଦାବି ହେଉଛି ।

## ଯୋଗେନ୍ଦ୍ର ଯାଦବଙ୍କ ସହ ଲୋହିଆ ଏକାଡେମୀରେ ବାର୍ତ୍ତାଳାପ

ଭୁବନେଶ୍ୱର,(ପି.ଏନ): ଦେଶର ବର୍ତ୍ତମାନର ସ୍ଥିତିକୁ କେବଳ ସଙ୍କଟର ନାମ ଦେଲେ ହେବ ନାହିଁ, ଶହେ ବର୍ଷର ସଂଗ୍ରାମର ନିର୍ଯ୍ୟାସ ରୂପେ ଯେଉଁ ସମ୍ବିଧାନ ଆମ ଭାରତରେ ପ୍ରସ୍ତୁତ ହୋଇଥିଲା, ତାହାକୁ ୨୦୧୯ ଆସିବା ବେଳକୁ ଆମେ ନଷ୍ଟ କରିସାରିଲୁଣି । ସ୍ୱାଧୀନତା ପରର ଗଣତନ୍ତ୍ର ସମ୍ପୂର୍ଣ୍ଣ ଲୋପ ପାଇସାରିଛି, ତାହା ସ୍ଥାନରେ ଗଣତନ୍ତ୍ର ଆଳରେ ହିନ୍ଦୁତ୍ୱ ଭଳି ଏକଛତ୍ରବାଦ ମୂଳକ ସମାଜ ସ୍ଥାପନ ନିମନ୍ତେ ପ୍ରୟାସ ଚାଲିଛି । ସେହି ଦୃଷ୍ଟିରୁ ଆମେମାନେ ବର୍ତ୍ତମାନ ନୋ ମ୍ୟାନ୍ସ ଲ୍ୟାଣ୍ଡରେ ଛିଡା ହୋଇଛୁ । ଭାରତ ଓ ଦକ୍ଷିଣ ଆଫ୍ରିକାର ସମ୍ବିଧାନ ବିଂଶ ଶତାବ୍ଦୀର ସମଗ୍ର ବିଶ୍ୱ ନିମନ୍ତେ ଶେଷ୍ଠ ଦସ୍ତାବିଜ ଅଟେ । ଏହାର ବିନଷ୍ଟର ଅର୍ଥ କେବଳ ଆମ ଦେଶ ନୁହେଁ ସମଗ୍ର ପୃଥିବୀର ଆମେ କ୍ଷତି କରୁଛେ । ଭାରତୀୟ ରାଜନୀତିରେ ଆଦର୍ଶଗତ ବିଚାର ସମାପ୍ତ ହୋଇଯାଇଛି । ସମାଜବାଦ ଉପରେ ଆଧାରିତ କରୁଣା, ଧର୍ମନିରପେକ୍ଷତା ଆଧାରିତ ମୈତ୍ରୀ ଓ ସମତା ଆଧାରିତ ନମ୍ରତା ଆମ ଗଣତନ୍ତ୍ରର ମୂଳାଧାର ଅଟେ । ୨୦୨୪ ସାଧାରଣ ନିର୍ବାଚନ କେନ୍ଦ୍ର ସରକାର ଓ ତାହାର ଆଦର୍ଶ କେନ୍ଦ୍ର ସଂଘ ପରିବାରକୁ ନୂଆ ସମ୍ବିଧାନ ଲାଗୁ କରିବାରେ ରୋକ ଲଗାଇଛି । ତେବେ ଆମକୁ ଆମ ମୂଳ ଗଣତନ୍ତ୍ର ଓ ସମ୍ବିଧାନକୁ ଫେରାଇ ଆଣିବାକୁ ସଂସଦୀୟ ଏକଛତ୍ରବାଦରୁ ଭାରତକୁ ମୁକ୍ତ କରିବାକୁ ପଡିବ ବୋଲି ଲୋହିଆ ଏକାଡ଼େମୀଠାରେ ଲୋହିଆ ଏକାଡ଼େମୀ, ଜୟ କିସାନ ଆନ୍‌ଦୋଳନ ଓ ଭାରତ ଯୋଡୋ ଆନ୍‌ଦୋଳନ ପକ୍ଷରୁ ଦେଶର ବିଶିଷ୍ଟ ସମାଜଶାସ୍ତ୍ରୀ ତଥା ଭାରତ ଯୋଡୋ ଅଭିଯାନର ରାଷ୍ଟ୍ରୀୟ ସଂଯୋଜକ ଯୋଗେନ୍ଦ୍ର ଯାଦବ ଏକ ନାଗରିକ ଆଲୋଚନାରେ ମତବ୍ୟକ୍ତ କରିଛନ୍ତି । ସେ ଆହୁରି ମଧ୍ୟ କହିଛନ୍ତି ଯେ, ତିନି ସ୍ତରରେ ଏକଛତ୍ରବାଦ ବିରୋଧରେ ଲଢିବାକୁ ହେବ ।

## ପୂର୍ବତନ ମନ୍ତ୍ରୀ ହରିଶ୍ଚନ୍ଦ୍ର ବକ୍ସିପାତ୍ରଙ୍କ ଜୟନ୍ତୀ



ଭୁବନେଶ୍ୱର,(ପି.ଏନ): ବିଶିଷ୍ଟ ଜନ ନେତା ହରିଶ୍ଚନ୍ଦ୍ର ବକ୍ସି ପାତ୍ରଙ୍କର ଜନ୍ମ ଦିବସ । ଏହି ଅବସରରେ ତାଙ୍କ ଅମର ଆତ୍ମା ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳୀ ହରିଶ୍ଚନ୍ଦ୍ର ବକ୍ସିପାତ୍ର ଓଡିଶା ରାଜନିତୀରେ ଏକ ସ୍ୱତନ୍ତ୍ର ସ୍ଥାନର ଅଧିକାରୀ । ଛାତ୍ର ଜୀବନରୁ ତାଙ୍କର ସଂଗ୍ରମୀ ଜୀବନ ଆରମ୍ଭ ହୋଇଥିଲା । ଗରୀବ ଲୋକଙ୍କ କଲ୍ୟାଣ ପାଇଁ ସେ ସଂଗ୍ରାମ କରିଯାଇଛନ୍ତି । ଆଦିବସୀ ଭାଇଭଉଣୀଙ୍କର ହକ୍ ପାଇଁ ସେ ସଂଗ୍ରାମ କରୁଥିଲେ । ଚାଷୀ ମାନଙ୍କ ସ୍ୱାର୍ଥ ପାଇଁ ସେ ସଂଗ୍ରାମ କରୁଥିଲେ ସେମାନଙ୍କୁ ଶୋଷଣରୁ ମୁକ୍ତି ଦେବା ପାଇଁ ସେ ଲଢ଼େଇ କରୁଥିଲେ । ସଂଗ୍ରାମ ହିଁ ଥିଲା ତାଙ୍କର ସବୁଠାରୁ ବଡ ପରିଚୟ । ଜଣେ ମନ୍ତ୍ରୀ ବା ବିଧାୟକ ଭାବରେ ପରିଚୟ ଠାରୁ ଏ ପରିଚୟ ଥିଲା ବହୁ ଉପରେ । ସେ ଥିଲେ ଗରୀବ ଜନତାର ପ୍ରକୃତ ବନ୍ଧୁ । ସମାଜବାଦୀ ଆଦର୍ଶରେ ତାଙ୍କର ଗଭୀର ବିଶ୍ୱାସ ଥିଲା ଏବଂ ଏହି ଆଦର୍ଶ ତାଙ୍କ ଜୀବନ ଓ କାର୍ଯ୍ୟରେ ପ୍ରତିଫଳିତ ହେଉଥିଲା । ତାଙ୍କ ପିଢ଼ୀର ରାଜନେତାଙ୍କ ଅଭାବ ଆଜି ସମସ୍ତେ ଅନୁଭବ କରୁଛନ୍ତି, ରାଜନୀତି ହେଉଛି ଏକ ପ୍ରତିବଦ୍ଧତା,ଏକ ଆଦର୍ଶ ପାଇଁ ପ୍ରତିବଦ୍ଧତା ,ଲୋକଙ୍କୁ ନିସ୍ୱାର୍ଥପର ସେବା ଦେବାର ପ୍ରତିବଦ୍ଧତା।ଏହା ନିଃସନ୍ଦେହ ରେ କୁହାଯାଇପାରେ କି ରାଜନୀତି ହେଉଛି କ୍ଷମତା ର ସିଡ଼ି. ଲୋକଙ୍କ କଲ୍ୟାଣ ପାଇଁ କାମ କରିବାକୁ ଏକ ସୁଯୋଗ।କିନ୍ତୁ ନୈତିକତା ବିହୀନ ରାଜନୀତି କେବଳ ଛଳନା ପଦବାଚ୍ୟ। ଜଣେ ନିଷ୍ଠାପର ଓ ପ୍ରତିଶ୍ରୁତି ବଦ୍ଧ ରାଜନେତା ହିଁ ଲୋକଙ୍କ ଜୀବନ ରେ ରୂପାନ୍ତର ଆଣିପାରିବ। ଅନେକ ରାଜନୀତି କୁ କ୍ଷମତା ହାସଲ ପାଇଁ ଏକ springboard ଭାବ ରେ ବିଚାର କରନ୍ତି।କିନ୍ତୁ ମୋ ବିଚାରରେ ଲୋକଙ୍କ ଭଲ ପାଇବ ଆଗରେ , କ୍ଷମତା,ପଦ ମର୍ଯ୍ୟାଦା ଓ ପ୍ରତିପତ୍ତି ତୁଚ୍ଛ.ସାଧାରଣ ଜନତାଙ୍କ ସନ୍ତୋଷ ହିଁ ରାଜନେତା ଙ୍କ ର ସବୁଠାରୁ ମୂଲ୍ୟବାନ ସମ୍ପତ୍ତି।







Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray